୨୬ ବର୍ଷରେ
ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ
# ପର୍ଯ୍ୟବେକ୍ଷକ
PARYABEKHYAK पर्यवेक्षक
Vol.26 . No.117 Bhubaneswar Wednesday June 12 2024 ୨୬ତମ ବର୍ଷ ସଂଖ୍ୟା-୧୧୭ ଭୁବନେଶ୍ୱର, ବୁଧବାର, ଜୁନ ୧୨, ୨୦୨୪ (୮ ପୃଷ୍ଠା) ମୂଲ୍ୟ-୧.୫୦ ₹1.50 (Air Surcharge - 0.50P) Member-INS

## ମୋହନ ମାଝୀ ଓଡିଶାର ନୂଆ ମୁଖ୍ୟମନ୍ତ୍ରୀ



ଭୁବନେଶ୍ୱର,୧୧।୬(ପି.ଏନ): ସସପେନ୍ସ ଉପରୁ ଉଠିଛି ପରଦା। ଓଡିଶାର ନୂଆ ମୁଖ୍ୟମନ୍ତ୍ରୀ ହେବେ ବରିଷ୍ଠ ବିଜେପି ନେତା ତଥା କେନ୍ଦୁଝର ସଦର ବିଧାୟକ ମୋହନ ମାଝୀ ସେ ଆସନ୍ତାକାଲି ଅପରାହ୍ନ ୫ଟାରେ ଓଡିଶାର ମୁଖ୍ୟମନ୍ତ୍ରୀ ଭାବେ ଶପଥ ନେବେ। ଶପଥ ପାଠ ଉତ୍ସବରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ଠାରୁ ଆରମ୍ଭ କରି ଅନେକ କେନ୍ଦ୍ରମନ୍ତ୍ରୀ ଓ ବିଜେପି ଶାସିତ ରାଜ୍ୟର ମୁଖ୍ୟମନ୍ତ୍ରୀମାନେ ଯୋଗଦେବେ। ମୋହନ ମାଝୀ କେନ୍ଦୁଝର ସଦରରୁ ୪ର୍ଥ ଥର ବିଜୟ ହାସଲ କରିଛନ୍ତି। ସେହିପରି ସେ ଜଣେ ଆଦିବାସୀ ନେତା ଭାବେ ବେଶ ପରିଚିତ। ସେହିପରି ପାଟଣାଗଡର ବିଧାୟକ କନକ ବର୍ଦ୍ଧନ ସିଂହଦେଓ ଓ ନିମାପଡାର ବିଧାୟିକା ପ୍ରଭାତୀ ପରିଡା ଓଡିଶାର ଉପ ମୁଖ୍ୟମନ୍ତ୍ରୀ ହେବେ। ଏମାନେ ମଧ୍ୟ ଆସନ୍ତାକାଲି ଶପଥ ନେବେ।

## କନକ ବର୍ଦ୍ଧନ ଓ ପ୍ରଭାତୀ ପରିଡା ଉପ ମୁଖ୍ୟମନ୍ତ୍ରୀ



ଭୁବନେଶ୍ୱର,୧୧।୬(ପି.ଏନ): ବରିଷ୍ଠ ବିଜେପି ନେତା ତଥା କେନ୍ଦୁଝର ସଦର ଆସନରୁ ୪ର୍ଥ ଥର ପାଇଁ ବିଧାୟକ ହୋଇଥିବା ମୋହନ ମାଝୀ ଓଡିଶାର ପରବର୍ତ୍ତୀ ମୁଖ୍ୟମନ୍ତ୍ରୀ ହେବେ। ତାଙ୍କ ଡେପୁଟି ଭାବେ ବରିଷ୍ଠ ନେତା କନକ ବର୍ଦ୍ଧନ ସିଂହ ଦେଓ ଓ ପ୍ରଭାତୀ ପରିଡା କାର୍ଯ୍ୟ କରିବେ।ଦୁଇ କେନ୍ଦ୍ର ପର୍ଯ୍ୟବେକ୍ଷକଙ୍କ ଉପସ୍ଥିତିରେ ଆଜି ବସିଥିବା ବିଜେପି ବିଧାୟକ ଦଳ ବୈଠକରେ ଏପରି ନିଷ୍ପତ୍ତି ହୋଇଛି। ବୈଠକରେ ମୋହନ ମାଝୀଙ୍କୁ ବିଧାୟକ ଦଳ ନେତା ଭାବେ ନିର୍ବାଚିତ କରାଯାଇଛି। ମୋହନ ମାଝୀ ବିଜେପି ପକ୍ଷରୁ ଓଡିଶାର ପ୍ରଥମ ମୁଖ୍ୟମନ୍ତ୍ରୀ ହେବାର ରେକର୍ଡ କରିଛନ୍ତି।

## ଘୁନସର ରେଙ୍ଗାଳି ରାସ୍ତାରେ ନିମ୍ନ ମାନର କଲଭର୍ଟ

ଖପ୍ରାଖୋଲ,୧୧/୬(ପିଏନ) ବଲାଙ୍ଗିର ଜିଲ୍ଲା ଖପ୍ରାଖୋଲ ବ୍ଲକ ଘୁନୁସର ଛକ ଠାରୁ ରେଙ୍ଗାଲି କୁ ପ୍ରାୟ ୬ କିମି ରାସ୍ତା କୁ ପୂର୍ତ୍ତ ବିଭାଗ ତରଫରୁ ରାସ୍ତା ପ୍ରଶସ୍ତି କରଣ କାମ ଚାଲିଅଛି । ଉକ୍ତ ରାସ୍ତା ରେ ବିଭିନ୍ନ ସ୍ଥାନରେ କଲଭର୍ଟ , ଗାଡ଼ୱାଲ ନିର୍ମାଣ , ରାସ୍ତା ପିଚୁ କାମ ଚାଲିଅଛି । ହେଲେ ଉକ୍ତ ରାସ୍ତା ନିର୍ମାଣ କାମ ରେ କଲଭର୍ଟ ଓ ଗାର୍ଡ ୱାଲ୍ ନିମ୍ନ ମାନର ହେଉଥିବା ଅଭିଯୋଗ ହେଉଛି। ଅଭିଯୋଗ ପରେ ବିଭାଗୀୟ ଅଧିକାରୀ ତଦାରଖ ପାଇଁ ଆସି ପୁଟୁକେଲ ଚୁଆଁ ଗାଁ ପୋଖରୀ ପାଖ ନିକଟ କଲଭର୍ଟ ପାଖ ଗାର୍ଡ ୱାଲ୍ ନିମ୍ନ ମାନର ହୋଇଥିବା ଜାଣି ପ୍ରାୟ ୨୦ ମିଟର ଭାଙ୍ଗାଇ ଦେବାସହ ଭଲ କି କାମ କରିବା କୁ ତାଗିଦ୍ କରିଥିବା ଜଣାଯାଇଛି।

### ଲୋକସଭା ଭବନରେ ସାମ୍ବାଦିକଙ୍କୁ ମିଳିଲା ଅନୁମତି, ୧୩ ତାରିଖରେ ନିୟମ ଲାଗୁ

ଭୁବନେଶ୍ୱର,୧୧।୬(ପି.ଏନ): ରାଜ୍ୟରେ ବୁଧବାର ଅର୍ଥାତ ଜୁନ ୧୨ ତାରିଖରେ ମୁଖ୍ୟମନ୍ତ୍ରୀଙ୍କ ଶପଥ ଗ୍ରହଣ କାର୍ଯ୍ୟକ୍ରମ ରହିଛି । ମୁଖ୍ୟମନ୍ତ୍ରୀଙ୍କ ଶପଥ ଗ୍ରହଣ ପରେ ଲୋକସଭା ଭବନକୁ ସାମ୍ବାଦିକଙ୍କୁ ଅନୁମତି ମିଳିବ । ଏହି ସୁବିଧାଟି ଆସନ୍ତା ୧୩ ତାରିଖରେ ରାଜ୍ୟର ସମସ୍ତ ସାମ୍ବାଦିକଙ୍କ ପାଇଁ ଲାଗୁ କରାଯିବ । ବିଜେଡି ସରକାରରେ ରହିଥିବା ସମୟରେ ସାମ୍ବାଦିକମାନଙ୍କୁ ଲୋକସଭା ଭବନକୁ ଯିବା ଉପରେ ପ୍ରତିବନ୍ଧକ ଲଗାଯାଇଥିଲା ।

## ରାଜ୍ୟପାଳଙ୍କୁ ଭେଟି ସରକାର ଗଠନ ପାଇଁ ଦାବି ଜଣାଇଲେ ମୋହନ ମାଝୀ



ଭୁବନେଶ୍ୱର,୧୧।୬(ପି.ଏନ): ବିଜେପି ବିଧାୟକ ଦଳ ନେତା ଭାବେ ନିର୍ବାଚିତ ହୋଇଥିବା ମୋହନ ମାଝୀ ଆସନ୍ତାକାଲି ମୁଖ୍ୟମନ୍ତ୍ରୀ ଭାବେ ଶପଥ ନେବେ। ଏହାପୂର୍ବରୁ ସେ ଆଜି ରାଜ୍ୟପାଳ ରଘୁବର ଦାସଙ୍କୁ ଭେଟିଛନ୍ତି। ସେ ରାଜ୍ୟପାଳଙ୍କୁ ଭେଟି ବିଧିବଦ୍ଧ ଭାବେ ସରକାର ଗଠନ ପାଇଁ ଦାବି ଜଣାଇଛନ୍ତି।ତାଙ୍କ ସହ ସମସ୍ତ ୭୮ ଜଣ ବିଜେପି ବିଧାୟକ ଓ ୩ ଜଣ ସ୍ୱାଧୀନ ବିଧାୟକଙ୍କ ସମର୍ଥନ ରହିଥିବା ସେ ରାଜ୍ୟପାଳଙ୍କୁ ଅବଗତ ଜଣାଇଛନ୍ତି। ୩ ସ୍ୱାଧୀନ ବିଧାୟକ ବିଜେପିକୁ ସମର୍ଥନ କରୁଥିବା ଗୋଟିଏ ପତ୍ର ମଧ୍ୟ ସେ ରାଜ୍ୟପାଳଙ୍କୁ ଦେଇଛନ୍ତି।

## ମୋହନ ସରପଞ୍ଚରୁ ମୁଖ୍ୟମନ୍ତ୍ରୀ, ପ୍ରଭାତୀ ପ୍ରଥମଥର ଜିତି ଉପମୁଖ୍ୟମନ୍ତ୍ରୀ



ଭୁବନେଶ୍ୱର,୧୧।୬(ପିଏନ):ରାଜ୍ୟରେ ପ୍ରଥମ ବିଜେପି ସରକାର ଆସନ୍ତାକାଲି ଶପଥ ନେବ । ଦଳ ନିଜର ମୁଖ୍ୟମନ୍ତ୍ରୀ ଭାବେ ୪ଥରର ବିଧାୟକ ୫୩ବର୍ଷୀୟ ମୋହନ ଚରଣ ମାଝୀ ଓ ୨ଜଣ ଉପମୁଖ୍ୟମନ୍ତ୍ରୀ ଭାବେ ୫ଥରର ବିଧାୟକ ତଥା ପୂର୍ବତନ ମନ୍ତ୍ରୀ କେଭି ସିଂହଦେଓ ଏବଂ ନବାଗତା ପ୍ରଭାତୀ ପରିଡାଙ୍କ ନାଁ ଘୋଷଣା କରିଛି।ବିଜେପି ରାଜ୍ୟରେ ନିଜର ପ୍ରଥମ ସରକାରରେ ମୋହନ,କେଭି ଓ ପ୍ରଭାତୀଙ୍କ ମାଧ୍ୟମରେ ଉପକୂଳ,ଉତ୍ତର ଓ ପଶ୍ଚିମ ଓଡିଶା ମଧ୍ୟରେ ଆଞ୍ଚଳିକ ସନ୍ତୁଳନ କାଏମ କରିବା ଏବଂ ସାଧାରଣ ବର୍ଗ, ଆଦିବାସୀ,ମହିଳା ଓ ପଛୁଆବର୍ଗର ସାମାଜିକ ସମୀକରଣକୁ ପାଳନ କରିବାକୁ ପ୍ରୟାସ କରିଛି । ୧୯୯୭ ମସିହାରୁ ସରପଞ୍ଚ ଭାବେ ରାଜନୀତିକ କ୍ୟାରିୟର ଆରମ୍ଭ କରିଥିବା ୫୩ବର୍ଷୀୟ ମୋହନ ମୁଖ୍ୟମନ୍ତ୍ରୀ ହେବେ।ପ୍ରଥମଥର ପାଇଁ ନିର୍ବାଚିତ ଜିତିଥିବା ୫୮ବର୍ଷୀୟା ପ୍ରଭାତୀ ରାଜ୍ୟର ପ୍ରଥମ ମହିଳା ଉପମୁଖ୍ୟମନ୍ତ୍ରୀ ହେବେ। ସେହିପରି ୬୮ବର୍ଷୀୟ ବରିଷ୍ଠ ନେତା କେଭି ସିଂହଦେଓ ଉପମୁଖ୍ୟମନ୍ତ୍ରୀ ଭାବେ ଆସନ୍ତାକାଲି ଶପଥ ନେବେ । ରାଜ୍ୟରେ ପ୍ରଥମଥର ପାଇଁ ବିଜେପିର ସରକାର ହେବ।










# ଟି ଟାଇମ୍

## ଦେବୀ ରାଧାଙ୍କ ଜନ୍ମ ରହସ୍ୟ

ବ୍ରହ୍ମବୈବର୍ତ୍ତ ପୁରାଣରେ ଦେବୀ ରାଧାଙ୍କ ଜନ୍ମ ରହସ୍ୟ କଥା ଉଲ୍ଲେଖ କରାଯାଇଛି । ଦେବୀ ରାଧା ଭଗବାନ୍ ଶ୍ରୀକୃଷ୍ଣଙ୍କ ସହ ଗୋଲକରେ ନିବାସ କରୁଥାନ୍ତି । ଥରେ ଗୋଲକରେ ଦେବୀ ସୀତା ନଥିଲେ । ଶ୍ରୀକୃଷ୍ଣ ବିରଜା ନାମକ ପତ୍ନୀଙ୍କ ସହ ବିବାହ କରୁଥିଲେ । କୃଷ୍ଣ ଓ ବିରଜାଙ୍କ ବିବାହର କଥା ରାଧାଙ୍କୁ ସୂଚନା ମିଳିବା ମାତ୍ରେ ସେ ଗୋଲକକୁ ଆସିଲେ । ସେ କୃଷ୍ଣ ଓ ବିରଜାଙ୍କୁ ଦେଖି ରାଗିଯାଇ ଶ୍ରୀକୃଷ୍ଣଙ୍କୁ ଅନେକ କଥା ଶୁଣାଇଲେ । ଯାହାଫଳରେ ଶ୍ରୀକୃଷ୍ଣଙ୍କ ମିତ୍ର ସୁଦାମାଙ୍କୁ କ୍ରୋଧ ଆସିଲା । ସେ କ୍ରୋଧିତ ହୋଇ ଦେବୀ ରାଧାଙ୍କୁ ଅପମାନ କଲେ । ଯାହାଫଳରେ ଦେବୀ ରାଧା ଓ ସୁଦାମା ପରସ୍ପରକୁ ଅଭିଶାପ ଦେଲେ । ସୁଦାମାଙ୍କ ଅଭିଶାପ କଥା ରାଧା ଶ୍ରୀକୃଷ୍ଣଙ୍କୁ କହିଥିଲେ । ଶ୍ରୀକୃଷ୍ଣ ଦେବୀ ରାଧାଙ୍କୁ କହିଥିଲେ ଯେ ପୃଥିବୀରେ ତୁମେ ଗୋକୁଳରେ ଦେବୀ କୀର୍ତ୍ତି ଏବଂ ବୃଷଭାନୁଙ୍କ କନ୍ୟାରୂପେ ଜନ୍ମଗ୍ରହଣ କରିବ। ସେଠାରେ ତୁମର ବିବାହ ରାୟାଣ ନାମକ ଏକ ବୈଶ୍ୟ ସହ ହେବ ଏବଂ ସାଂସାରିକ ଭାବେ ତୁମେ ରାୟାଣଙ୍କ ପତ୍ନୀ ବୋଲି କୁହାଯିବ । ରାୟାଣ ହେଉଛି ମୋର ଏକ ଅଂଶ । ରାଧା ରୂପରେ ତୁମର ମୋର ପ୍ରିୟା ହୋଇ ରହିବ ଏବଂ କିଛି ସମୟ ପାଇଁ ଆମ ମଧ୍ୟରେ ବିଚ୍ଛେଦ ହେବ। ସୁଦାମାଙ୍କ ଅଭିଶାପରେ ଗୋକୁଳରେ ଦେବୀ ରାଧା କୀର୍ତ୍ତି ଏବଂ ବୃଷଭାନୁଙ୍କୁ କନ୍ୟା ରୂପରେ ଜନ୍ମଗ୍ରହଣ କଲେ ।

## ଭାଇଜାନ୍‌ଙ୍କ ଚମକ



୫୧ ବର୍ଷରେ ପାଦ ଦେଇଛନ୍ତି ଦବଙ୍ଗ ଷ୍ଟାର୍ ସଲମନ୍ ଖାଁ। କନ୍ତୁ ସଲ୍ଲୁଙ୍କ କ୍ରେଜ୍ ଏବେବି କମିନି। ବୟସ ୫୧ ଛୁଇଁଲେ ବି ତାଙ୍କର ପ୍ରତିଟି ନୂଆ ଫିଲ୍ମ ଦର୍ଶକଙ୍କୁ ଦେଉଛି ନୂଆ ଟେଷ୍ଟ ଆଉ ବକ୍ସ ଅଫିସରେ କରିଛି ନୂଆ ରେକର୍ଡ। ବୟସ ସହିତ ତାଳଦେଇ ବଢ଼ିଚାଲିଛି ଦବଙ୍ଗ୍ ଷ୍ଟାରଙ୍କ କ୍ରେଜ୍। ‘ବିବି ହୋ ଐସି’ରୁ କ୍ୟାରିଅର୍ ଆରମ୍ଭ କରିଥିବା ସଲ୍ଲୀ ମିଆଁ ବଲିଉଡିରେ ୨୫ରୁ ଅଧିକ ବର୍ଷ ବିତାଇ ସାରିଲେଣି। ଫ୍ଲପ୍ ହିଟର ଏକ୍ସପେରିମେଣ୍ଟ କରୁକରୁ ସଲମାନ୍ ବନି ଯାଇଛନ୍ତି ବଲିଉଡର ବ୍ୟାଙ୍କବେଲ୍ ଷ୍ଟାର। ଯାହାଙ୍କୁ ନେଇ ପ୍ରଡ୍ୟୁସର କେବେ ବି ଆଶଙ୍କା ସୃଷ୍ଟି କରନ୍ତି ନାହିଁ। କାରଣ ଲଗାତର୍ ସେ ଦେଇଚାଲିଛନ୍ତି ଗୋଟିଏ ପରେ ଗୋଟିଏ ବ୍ଲକ ବ୍ଲଷ୍ଟର ହିଟ୍। ଛୋଟ ପରଦାରେ ତାଙ୍କ ହୋଷ୍ଟିଂ ମଧ୍ୟ ଖୁବ୍ ହିଟ୍ ହୋଇଛି। ଚଳିତ ବର୍ଷ ଫ୍ୟାନଙ୍କୁ ‘ବଜରଙ୍ଗୀ ଭାଇଜାନ୍’ ଓ ‘ପ୍ରେମରତନ ଧନ ପାୟୋ’ ଭଳି ଦୁଇଟି ସୁପରହିଟ୍ ଫିଲ୍ମ ଭେଟି ଦେଇଛନ୍ତି ସଲମାନ୍। ଆସନ୍ତା ବର୍ଷ ରିଲିଜ୍ ହେବାକୁ ଥିବା ସୁଲତାନ କେବେ ପରଦାକୁ ଆସୁଛି ତାହାକୁ ହିଁ ଅପେକ୍ଷା।

## ଗୋରୁଙ୍କ ଫାଟୁଆ ରୋଗ ଚିକିତ୍ସା

ଦେଶର ବିଭିନ୍ନ ସ୍ଥାନରେ ଗୋରୁଗାଈଙ୍କୁ ନୃଶଂସ ଭାବେ ହତ୍ୟା କରାଯାଉଥିବା ବେଳେ ଏହାକୁ ନେଇ ବୁଦ୍ଧିଜୀବୀ ମହଲରେ ଉଦ୍‌ବେଗ ଓ ପ୍ରତିବାଦର ସ୍ୱର ଉତ୍ତୋଳିତ ହୋଇଛି । ଏଭଳି ପରିସ୍ଥିତିରେ ଦୁଇ ବିଦେଶୀ ନାଗରିକ କଷ୍ଟ ଲାଘବ ଗୋରୁଗାଈଙ୍କ ପାଇଁ ଜୋତା ତିଆରି କରବା ବାସ୍ତବରେ ଏକ ସ୍ୱାଗତଯୋଗ୍ୟ ପଦକ୍ଷେପ । ଘଟଣାଟି ହେଉଛି ଦୁଇ ବ୍ରିଟିଶ ଇନ୍‌ଭେଷ୍ଟର ନିଜ ବ୍ୟବସାୟକୁ ବିଶ୍ୱସ୍ତରରେ ପ୍ରସାର କରିବା ଉଦ୍ଦେଶ୍ୟରେ ଗୋରୁଗାଈଙ୍କ



ପାଇଁ ଜୋତା ତିଆରି କରୁଛନ୍ତ । ଯାହାଫଳରେ ଗୋରୁଗାଈଙ୍କୁ ଖୋରାଜନିତ ଯନ୍ତ୍ରଣାରୁ ଉପସମ ମିଳିବ । ୪୦ ବର୍ଷୀୟ ରୋବର୍ଟ ଟାଡ୍ ଓ ୪୩ ବର୍ଷୀୟ ମାଇକ ବ୍ରିମ୍ବଲ ମିଳିତଭାବେ ଏହି ଜୋତା ପ୍ରସ୍ତୁତ କରୁଛନ୍ତି । ଏହି ଜୋତାକୁ ୪୨ଟି ଦେଶରେ ବିକ୍ରି ପାଇଁ ଛଡ଼ାଯାଇଛି । ଏହି ଦେଶମାନଙ୍କ ମଧ୍ୟରେ ଅଷ୍ଟ୍ରେଲିଆ, କାନାଡ଼ା ଓ ୟୁଏସ୍‌ଏ ସାମିଲ ରହିଛି । ପ୍ରୋଜେକ୍ଟ ମ୍ୟାନେଜର ମାଇକ୍ କହନ୍ତି, ତାଙ୍କର ଏହି ନିଆରା ଉଦ୍ୟମକୁ କେତେକ ଦେଶରେ ବେଶ୍ ପ୍ରଶଂସା କରାଯାଇଛି । ବିଶେଷକରି ୟୁରୋପର ଏକ ପ୍ରାଣୀ ଚିକିତ୍ସାଳୟରୁ ମାଇକଙ୍କ ପାଖକୁ ଶୁଭେଚ୍ଛା ବାର୍ତ୍ତା ମଧ୍ୟ ଆସିଛି । ଆଉ କିଛି ବ୍ୟକ୍ତି ଏହି ଜୋତା ବ୍ୟବସାୟ ପାଇଁ ଆଗ୍ରହ ପ୍ରକାଶ କରି ଲାଇସେନ୍ସ ବାହାର କରିବାରେ ଲାଗିପଡ଼ିଛନ୍ତି । ମାଇକ ପେସାରେ ଜଣେ କୃଷକ । କୃଷିକ୍ଷେତ୍ରରେ କାମକରୁଥିବା ସମୟରେ ହଳକରୁଥିବା ଦୁଇ ବଳଦଙ୍କ ଖୋରାରୁ ରକ୍ତ ବାହାରୁଥିବା ଦେଖି ମାଇକ୍ ସେମାନଙ୍କ ପାଇଁ ଜୋତା ତିଆରି କରିବାର ପରିକଳ୍ପନା କରିଥିଲେ ଯାହାକୁ ସେ ଆଜି ବାସ୍ତବ ରୂପ ଦେଇଛନ୍ତି।

## ପୁରାଣ କାହାଣୀ

# ବିଶ୍ୱ ନିର୍ମାଣର ସ୍ରଷ୍ଟା ‘ବିଶ୍ୱକର୍ମା’

ଦେବ ଶିଳ୍ପୀ ବିଶ୍ୱକର୍ମା ଏ ବିଶ୍ୱର ସମସ୍ତ ନିର୍ମାଣ କାର୍ଯ୍ୟର ସ୍ରଷ୍ଟା । ସେ ବ୍ରହ୍ମାଙ୍କ ନାଭି ମଣ୍ଡଳରୁ ଜାତ ବୋଲି ଧର୍ମ ଶାସ୍ତ୍ରମାନଙ୍କରେ ଉଲ୍ଲେଖ ରହିଛି । ସେ କନ୍ୟା ସଂକ୍ରାନ୍ତି ଦିନ ମର୍ତ୍ତ୍ୟ ଲୋକରେ ଆବିର୍ଭୂତ ହୋଇଥିବାରୁ ସେହିଦିନ ମର୍ତ୍ତ୍ୟଲୋକର ସମସ୍ତ ଶିଳ୍ପୀକୂଳ ତାଙ୍କରି ପୂଜା ଏବଂ ଆରାଧନା କରି ଥାଆନ୍ତି ।



ବିଶ୍ୱକର୍ମା ବିଶ୍ୱର ବିଦ୍ଧାଣୀ । ସେ ବୈକୁଣ୍ଠବାସୀ ଓ ସର୍ବଗୁଣ ସମ୍ପନ୍ନ । ସର୍ବଶକ୍ତିମାନ, ସର୍ବନୀୟନ୍ତା , ବାୟରୂପେ ସର୍ବବିଦ୍ୟମାନ, ବାସ୍ତୁବିଦ୍ୟାର ଦେବତା ଏବଂ ନିର୍ମାଣ କାର୍ଯ୍ୟର ଦଣ୍ଡଧାରୀ ଦେବତା । ବ୍ରହ୍ମବୈବର୍ତ୍ତ ପୁରାଣରେ ବ୍ରହ୍ମାଙ୍କ ନାଭିରୁ ଜାତ, ପୁରାଣରେ ସେ ଦେବ ଶିଳ୍ପୀ । ଏମିତି ଭିନ୍ନ ଭିନ୍ନ ନାମରେ ସେ ପରିଚିତ । ତାଙ୍କରି ହାତ ସ୍ପର୍ଶରେ କୁବେରଙ୍କର ଅଳକାପୁର, ଦ୍ୱାରକା ନଗର, ସ୍ୱର୍ଣ୍ଣଲଙ୍କା, କୃଷ୍ଣ ନିବାସ, ସେତୁ ବନ୍ଧ ନିର୍ମାଣ, ଇନ୍ଦ୍ରଭୁବନ, ଗୋଲକଧାମ, ସୁଦାମା ପୁରୀ, ମହାଲକ୍ଷ୍ମୀଙ୍କ ସମୁଦ୍ରକୂଳସ୍ଥ ମର୍ତ୍ତ୍ୟ ବୈକୁଣ୍ଠ, କଳକାରଖାନା, ମଠ ମନ୍ଦିର, ମସଜିଦ, ଗାଡିମଟର, ଉଡାଜାହାଜ, ଛପାଖାନା, ରେଳ ଗାଡି, ଟିଭି, ରେଡିଓ, କମ୍ପ୍ୟୁଟର ଆଦି ।ଆମ ଚାରିପଟେ ଦେଖୁଥିବା ତିନିପୁରର ସମସ୍ତ ନିର୍ମାଣ ମଣିଷ କିଛି କରେ ନାହିଁ । ମଣିଷ ଦେହରେ ବିଜେ ହୋଇ ସେ ହିଁ ସବୁ କରି ଥାଆନ୍ତି । ଅନେକଙ୍କ ମତରେ କୃଷି ଓ ବୃଷ୍ଟିର ଦେବତା ହେଉଛନ୍ତି ବିଶ୍ୱକର୍ମା । ବିଶ୍ୱକର୍ମା ଉଭୟ ବୈଦିକ ଓ ପୌରାଣିକ ଦେବତା । ଆଧୁନିକ ରୂପରେ ସେ ରୂପରେ ଗୌର । ହସ୍ତରେ ବିଭିନ୍ନ ମାନଦଣ୍ଡ, ଚାରି ଭୂଜା ବାମ ଉପର ହସ୍ତରେ ବଟାଳି, ନିମ୍ନହସ୍ତରେ ମାର୍ତୁଲ ବା ନିକିତି, ଦକ୍ଷିଣ ଉର ହସ୍ତରେ ଚକ୍ର ଧାରଣ କରି ପୂଜା ପାଉଛନ୍ତି । ଶ୍ୱେତ ବସ୍ତ୍ର ପରିଧାନ କରିବା ସହ କାନ୍ଧରେ ପଇତା ପକାଇ ଭକ୍ତଙ୍କୁ ଦର୍ଶନ ଦିଅନ୍ତି । ତେଣୁ ବିଭିନ୍ନ ଶିଳ୍ପ ସଂସ୍ଥାରେ ଏହି ବିଶ୍ୱକର୍ମାଙ୍କ ପୂଜା ଧୂମଧାମରେ ପାଳନ କରାଯାଏ ।

# ବିଲେଇ ଶାଳା

ଯଦି ଏହି ପୃଥିବୀରେ ବିଲେଇମାନଙ୍କ ପାଇଁ କେଉଁଠି ସ୍ୱର୍ଗଥାଏ ତେବେ ତାହା ହେଉଛି କାଲିଫର୍ଣ୍ଣିଆ। ଦି କ୍ୟାଟ୍ ହାଉସ୍ ଅନ୍ ଦି କିଙ୍ଗସ୍ ନାମରେ ପ୍ରସିଦ୍ଧ ଏକ ଘରେ ବର୍ତ୍ତମାନ ୭୦୦ ବିଲେଇ ବାସ କରନ୍ତି। ବିଲେଇମାନଙ୍କ ରହିବା ପାଇଁ ସେଠାରେ ୯ଟି ଭିନ୍ନ ଭିନ୍ନ ସ୍ଥାନ ତିଆରି କରାଯାଇଛି। ଏହାକୁ ବିଶ୍ୱର ସବୁଠାରୁ ବଡ ବିଲେଇ ଅଭ୍ୟାରଣ୍ୟ ବୋଲି କୁହାଯାଏ। ଏହି ଘରର ନିର୍ମାଣ ୧୯୯୨ରେ କରାଯାଇଥିଲା, ସେହିଦିନଠାରୁ ବର୍ତ୍ତମାନ ପର୍ଯ୍ୟନ୍ତ ପ୍ରାୟ ୨୪ ହଜାର ବିଲେଇଙ୍କୁ



ଏଠାରେ ପୋଷା ଯାଇସାରିଲାଣି। ଏହି ବିଲେଇ ଘରର ନିର୍ମାଣ ଲିନିୟା ଲତାଞ୍ଜିୟୋ କରିଥିଲେ। ଲିନିୟା କୁହନ୍ତି, ମୁଁ ଚାହୁଁନି ଯେ, କୌଣସି ବିଲେଇ ପିଞ୍ଜରାରେ କଏଦ୍ ହୋଇ ରୁହନ୍ତୁ। ସେମାନଙ୍କୁ ଖୁବ୍ ଜୋର୍‌ରେ ଦୌଡିବା ଏବଂ ଗଛ ଉପରେ ଚଢ଼ିବା ଅଧିକାର ଅଛି। ଏହି କାରଣ ଯୋଗୁଁ ମୁଁ ଏହି ଅଭ୍ୟାରଣ୍ୟର ନିର୍ମାଣ କରିଥିଲି। ସେ କୁହନ୍ତି ମୁଁ ପ୍ରତିଦିନ ଏଭଳି ବିଲେଇଙ୍କୁ ଖୋଜେ, ଯାହାକୁ ଲୋକେ ଛାଡି ଦେଇଥାଆନ୍ତି। ସେମାନଙ୍କୁ ମୁଁ ମୋର ଏହି ଘରକୁ ଆଣେ। ଏହି ବିଲେଇ ଅଭ୍ୟାରଣ୍ୟର ଫଟୋକୁ ଫଟୋଗ୍ରାଫର କ୍ରିଷ୍ଟିନା ଗେଣ୍ଡଲ୍ଲୋ ଉଠାଇଛନ୍ତି, ଯିଏକି ଲାସ୍ ଏଞ୍ଜୋଲିସ୍‌ରେ ବାସ କରନ୍ତି। ସେ କୁହନ୍ତି, ମୁଁ ଏହି ଫଟୋ ଜରିଆରେ ଲିନିୟା ଏବଂ ତାଙ୍କ ଦଳର ସଦସ୍ୟ କିଭଳି ପରିଶ୍ରମ କରୁଛନ୍ତି ତାହା ଜଣାଇବା ପାଇଁ ଚେଷ୍ଟା କରିଛି।

## ଫଟୋସପ୍‌ର କମାଲ୍

ଥିଓଡର। ତା’ବୟସ ମାତ୍ର ୧୦ ମାସ। ଏତେ କମ୍ ବୟସରେ ସେ ଚିତା ବାଘ ଉପରେ ବସି ମସ୍ତି କରେ ତ ଆଉ କେତେ ବେଳେ ହାତୀର ଶୁଣ୍ଢ ସହ ଖେଳେ। କେତେବେଳେ ଭାଲୁ ସହ ଶୋଇଯାଏ ତ ଆଉ କେତେବେଳେ ସିଲ୍ ମାଛ ସହ ତାଳରେ ତାଳ ମିଶାଇ ଗୀତ ଗାଏ। ଆପଣମାନେ ଭାବୁଥିବେ ଏତେ କମ୍ ବୟସ୍କ ଛୁଆଟି ଏଭଳି ଭୟାନକ ପଶୁଙ୍କ ସହ କିଳଭି ଖେଳିପାରେ। ପ୍ରକୃତରେ ଏହା ହେଉଛି ଫଟୋସପ୍‌ର କମାଲ୍। ଅଷ୍ଟ୍ରିୟାରେ ବାସ କରୁଥିବା ଡେନିଏଲା ବେବିକ୍ ନିଜ ଫଟୋଗ୍ରାଫିର ସଉକ୍‌କୁ ପୂରଣ କରିବା ପାଇଁ ଏକ୍ସପେରିମେଣ୍ଟ କରୁକରୁ ଏଭଳି ଫଟୋ ପ୍ରସ୍ତୁତ କରିଛନ୍ତି, ଯାହାକୁ ଦେଖି ଲୋକେ ଚକିତ ହୋଇଯିବେ। ସୂଚନା ଯୋଗ୍ୟ ଯେ, ଡେନିଏଲ୍‌ଙ୍କୁ ଫଟୋଗ୍ରାଫି ଏବଂ ଫଟୋସପ୍‌ରେ କାମ କରିବା ଦ୍ୱାରା ଆନନ୍ଦ ମିଳେ। ସେ ସର୍ବଦା କିଛି ନୂଆ କରିବାରେ ବିଶ୍ୱାସ କରନ୍ତି।

## ଦି ଇଣ୍ଟରଭ୍ୟୁ ଟାଇମ୍ସର ୮ମ ବାର୍ଷିକ ଉତ୍ସବ ପାଳିତ

ଭୁବନେଶ୍ୱର : ରାଜ୍ୟର ଅଗ୍ରଣୀ ମାସିକ ପତ୍ରିକା “ଦି ଇଣ୍ଟରଭ୍ୟୁ ଟାଇମ୍ସ”ର ୮ମ ବାର୍ଷିକ ଉତ୍ସବ ହୋଟେଲ୍ ସ୍ୱସ୍ତି ପ୍ରିମିୟମ୍, ଭୁବନେଶ୍ୱରଠାରେ ଅନୁଷ୍ଠିତ ହୋଇଯାଇଅଛି । “ଦି ଇଣ୍ଟରଭ୍ୟୁ ଟାଇମ୍ସ”ର ସମ୍ପାଦକ ଦିବ୍ୟଜିତ୍ ସାହୁଙ୍କ ସଭାପତିତ୍ୱରେ ଏହି କାର୍ଯ୍ୟକ୍ରମକୁ ରଣେନ୍ଦ୍ର ପ୍ରତାପ ସ୍ୱାଇଁ (ଖାଦ୍ୟ ଯୋଗାଣ ମନ୍ତ୍ରୀ), ଡଃ ଅରୁଣ କୁମାର ସାହୁ (କୃଷି ମନ୍ତ୍ରୀ) ଉଦ୍‌ଘାଟନ କରିଥିଲେ । ମୁଖ୍ୟଅତିଥି ଭାବେ ଜଷ୍ଟିସ୍ ମଦନ ମୋହନ ଦାସ (ବିଚାରପତି), ଶ୍ରୀଯୁକ୍ତ ତାରାରଂଜନ ପଟ୍ଟନାୟକ (ପ୍ରତିଷ୍ଠାତା-ଫାଲ୍‌କନ୍ ମେରାଇନ୍) ଏବଂ ରାକେଶ ମୋହନ (ବେଦାନ୍ତ ଲିମିଟେଡ୍) ଯୋଗ ଦେଇଥିଲେ । ଏହି ଅବସରରେ ଅତିଥିମାନେ “ଦି ଇଣ୍ଟରଭ୍ୟୁ ଟାଇମ୍ସ”ର ପ୍ରୟାସକୁ ସାଧୁବାଦ୍ ଜଣାଇବା ସହ ସଫଳତା କାମନା କରିଥିଲେ । ମଞ୍ଚସଭା ପରେ ପରେ ବିଭିନ୍ନ କ୍ଷେତ୍ରରେ ପାରଦର୍ଶିତା ଲାଭ କରିଥିବା ୨୦ଜଣ ବିଶିଷ୍ଟ ବ୍ୟକ୍ତିଙ୍କୁ “ଦି ଇଣ୍ଟରଭ୍ୟୁ ଟାଇମ୍ସ” ପରିବାର ତରଫରୁ ସମ୍ମାନଜନକ “ଶ୍ରେଷ୍ଠ-୨୦ ଓଡ଼ିଶାର ପ୍ରେରଣାଦାୟୀ ବ୍ୟକ୍ତି” ଭାବେ ସମ୍ବର୍ଦ୍ଧିତ କରାଯାଇଥିଲା । ଏହି କାର୍ଯ୍ୟକ୍ରମରେ “ଦି ଇଣ୍ଟରଭ୍ୟୁ ଟାଇମ୍ସ”ର ସ୍ୱତନ୍ତ୍ର ସଂଖ୍ୟା “ଭିଜନ୍ ଅଫ୍ ଓଡ଼ିଶା-୨୦୧୯” ଉନ୍ମୋଚିତ ହୋଇଥିଲା । ଏହି କାର୍ଯ୍ୟକ୍ରମରେ “ଦି ଇଣ୍ଟରଭ୍ୟୁ ଟାଇମ୍ସ”ର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ଦିଲୀପ କୁମାର ମହାନ୍ତି ଏବଂ ଉପଦେଷ୍ଟା ସୁଚିସ୍ମିତା ପୃଷ୍ଟି ଉପସ୍ଥିତ ଥିଲେ । ପରିଶେଷରେ ସହ-ସମ୍ପାଦକ ଶୁଭୋଜିତ୍ ପଣ୍ଡା ଧନ୍ୟବାଦ ଅର୍ପଣ କରିଥିଲେ ।

## ଏବେ ଇ-ଟୁଥବ୍ରସ୍

ଲୋକମାନଙ୍କର ବଞ୍ଚିବା ଷ୍ଟାଇଲ ଯଦି ସ୍ମାର୍ଟ, ସେମାନେ ବ୍ୟବହାର କରୁଥିବା ନିତ୍ୟ ବ୍ୟବହାର୍ଯ୍ୟ ସାମଗ୍ରୀ ଯେପରି ମୋବାଇଲ, କମ୍ପୁଟର ଆଦି ସ୍ମାର୍ଟ ତେବେ ଏଥିରୁ ଟୁଥବ୍ରସ୍ ବା କାହିଁକି ବାଦ ପଡ଼ିବ। ଟୁଥବ୍ରସ୍‌ର କେତେକ କମ୍ପାନୀ ଏବେ ଇ-ଟୁଥବ୍ରସ୍ ବନାଇବାକୁ ଯୋଜନା କରୁଛନ୍ତି। ଏହି ଇ-



ଟୁଥବ୍ରସ୍ ଆପଣଙ୍କ ଦାନ୍ତକୁ ସଫା କରିବା ସହିତ ନୋଟ୍ କରିଥାଏ କି ଆପଣଙ୍କର ଦାନ୍ତ କେତେ ସଫାସୁତୁରା ଅଛି। ସେହି ଡାଟାକୁ ଏକ ଖାସ୍ ଆପ ସାହାଯ୍ୟରେ ଆପଣଙ୍କର ସ୍ମାର୍ଟ ଫୋନ୍ ଓ ଆଇଫୋନ୍‌କୁ ପଠାଇଥାଏ। ଏହି ଆପ ସାହାଯ୍ୟରେ ଆପଣ ଜାଣି ପାରିବେ ଯେ ଆପଣଙ୍କର ବ୍ରସ୍ କରିବା ଷ୍ଟାଇଲରେ ଦାନ୍ତ ଠିକ୍ ଭାବେ ସଫା ହେଉଛି ନା ନାହିଁ ଓ ବ୍ରସ୍ କରିବା ଫଳରେ ଆପନଙ୍କ ଦାନ୍ତ ମାଢ଼ିର କୌଣସି କ୍ଷତି ହେଉନାହିଁ ତ। ପ୍ରତିଦିନର ବ୍ରସ୍ କରିବା ପରେ ସେହି ବ୍ରସ୍ ଦାନ୍ତର ସୁସ୍ଥତା ଓ ଦାନ୍ତ ସଫା ହୋଇଛି ନା ନାହିଁ ନିୟମିତ ସୁଚନା ଦେଇଥାଏ। ଏହା ବ୍ୟତୀତ ଏହି ସ୍ମାର୍ଟ ଟୁଥବ୍ରସ୍ ଦାନ୍ତକୁ ସଠିକ୍ ଭାବେ ସଫା କରିବାର ପ୍ରକ୍ରିୟା ମଧ୍ୟ ବତାଇଦେବ।

## ଫିନାଇଲ ବ୍ୟବହାର କରୁଛନ୍ତି କି ?

ଫିନାଇଲିରେ ଏମିତି କିଛି ବିଷାକ୍ତ ପଦାର୍ଥ ମିଶିଛି ଯାହା ଆମ ଶରୀରରେ ସ୍ଲୋପଜଏଜ ଭଳି କାମ କରିଥାଏ। ବହୁ ଅଧ୍ୟୟନରୁ ଜଣାପଡିଛି ଯେ, ସଫା କରିବା ପାଇଁ ବ୍ୟବହୃତ ହେଉଥିବା ଫିନରାଇଲରେ ବହୁତ କ୍ଷତିକାର ତତ୍ତ୍ୱ ମିଶିକରି ରହିଥାଏ। ଫିନାଇଲିରେ ରହିଥାଏ ଶକ୍ତିଶାଳୀ ଫିନେଲ, ଯାହା ରୋଗାଣୁରୋଧକ ଏବଂ କୀଟାଣୁନାଶକ କାମ କରିଥାଏ। ଯେତେବେଳେ ଏହାକୁ ଲାଟିନ୍ କିମ୍ବା ବାଥ୍‌ରୁମ୍ ସଫାକରିବା ପାଇଁ ବ୍ୟବହାର କରାଯାଏ ତ ଏଥିରେ ଥିବା କେମିକାଲ ବହୁତ ସମୟ ଧରି ନିଶ୍ୱାସ ପ୍ରଶ୍ୱାସରେ ନେଲେ ବହୁ ଗୁରୁତ୍ୱପୂର୍ଣ୍ଣ ଅଙ୍ଗ ଯଥା ପେଟ, ଅନ୍ତ, ଲିଭର, କିଡନୀ ଏବଂ ହାର୍ଟକୁ କ୍ଷତି ପହଞ୍ଚାଇଥାଏ। ବେଳେ ବେଳେ ଏହାର ପରିମାଣ ଖୁବ ଭୟଙ୍କର ହୋଇଥାଏ। ସମୟ ପୂର୍ବରୁ ଯଦି ଏହାର ଚିକିତ୍ସା ନକରାଯାଏ ତ ସ୍ଥିତି ଗମ୍ଭୀର ହୋଇପାରେ। ଫିନାଇଲ ଆଖି ଏବଂ ତ୍ୱଚା ସଂସ୍ପର୍ଶରେ ଆସିଲେ ଜଳାପୋଡା ହେବା ସହ ଏହାର ଅଧିକ ବ୍ୟବହାର ଦୃଷ୍ଟିଶକ୍ତି ଚାଲିଯିବାର ବହୁ ସମ୍ଭାବନା ରହିଛି। ଠିକ୍ ସେହିଭଳି ଏହା ନିଶ୍ୱାସ




ମାଧ୍ୟମରେ ଭିତରକୁ ଚାଲିଯାଏ ତ ନାକ, ଗଳା ଏବଂ ଫୁସ୍‌ଫୁସ୍‌ର ଭିତର ଅଂଶ ଜଳାପୋଡା ହୋଇପାରେ। ଫିନାଇଲକୁ ନେଇ ଆମର ମସ୍ତିଷ୍କ ଖୁବ୍ ସମ୍ବେଦନଶୀଳ। ଫିନାଇଲ୍ ଦ୍ୱାରା ହୃଦଘାତ ଏବଂ କୋମାକୁ ଚାଲିଯିବାର ସମ୍ଭାବନା ରହିଛି।

## ଆଜିର ଭାଗ୍ୟ

| | |
|---|---|
| ମେଷ | ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟର ସମାଧାନ ହେବ। ଶତ୍ରୁ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ। |
| ବୃଷ | ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ୍ୟ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି। |
| ମିଥୁନ | ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ ଲାଭରୁ ଖୁସି ହେବେ। |
| କର୍କଟ | ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ। |
| ସିଂହ | ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ସାମ୍ପତ୍ୟ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ୍ୟ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ। |
| କନ୍ୟା | ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ୍ୟ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ। |
| ତୁଳା | ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ। |
| ବିଛା | ଚୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ। |
| ଧନୁ | ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ୍ୟ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ। |
| ମକର | କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ। |
| କୁମ୍ଭ | ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ। |
| ମୀନ | ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଲିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ। |




# ବନ୍ୟଜନ୍ତୁ ସଂରକ୍ଷଣ

ଘନବନାନୀ ଆଚ୍ଛାଦିତ ନଭଶ୍ଚୁମ୍ବି ପର୍ବତମାଳା, ତରଙ୍ଗଶୋଭିତ ନଦୀସକଳ ହଂସକାରାଣ୍ଡାକାଦି ବିହଙ୍ଗମ ଶୋଭିତ ହ୍ରଦ ଓ ହ୍ରଦ ତୀର, ଶାଳ , ପିଆଶାଳ, ଅଶିନ, ଆମ୍ର, ପଣସ ଆଦି ବୃକ୍ଷ ପରିପୂର୍ଣ୍ଣ ଘଂଚ ଜଙ୍ଗଲ। ପ୍ରକୃତିର ଏକ ସୌନ୍ଦର୍ଯ୍ୟମୟୀ ନୟନାଭିରାମ ଦୃଶ୍ୟ। ଅରଣ୍ୟର ଗୁରୁଗମ୍ଭୀର କାନ୍ତକମନୀୟ, ପରିବେଶ ମନୁଷ୍ୟର ହୃଦୟସ୍ପର୍ଶୀ ହୋଇଥାଏ। ଜଙ୍ଗଲ ହିଁ ମନୁଷ୍ୟ ସଭ୍ୟତାର ଜୀବନ। ଏହି ବିଚିତ୍ରବର୍ଣ୍ଣ ବନଭୂମିରେ ବନ୍ୟ ପଶୁପକ୍ଷୀମାନଙ୍କର ଜୀବନଯାପନର ପ୍ରଣାଳୀ ମନୁଷ୍ୟକୁ ପରିତୃପ୍ତ କରିଥାଏ। ସେମାନଙ୍କର ଗୁଞ୍ଜନ, ଗର୍ଜନ, ରାବ ଓ କାକଳିରେ ବନଭୂମିରେ ସୃଷ୍ଟିହୁଏ ଶ୍ରୁତିମଧୂର ଓ ଭୀତଚକିତ ପରିବେଶ। ମହିଷିମାନଙ୍କର ସିଂହ ସହିତ ଲଢେଇ, ବ୍ୟାଘ୍ର ଗଜର ସମର, ବ୍ୟାଘ୍ର ଦେଖି ହରିଣ ଯୂଥର ପଳାୟନ, ମହାବଳ ବାଘ, ଭାଲୁ, ଗଧିଆ,



ସରୀସୃପ ଓ ବିଭିନ୍ନ ବନ୍ୟଜନ୍ତୁଙ୍କର ଗତିବିଧି ଦର୍ଶକଙ୍କ ମନକୁ କରେ ପୁଲକିତ। ଚିଡିଆଖାନା ଠାରୁ ମୁକ୍ତ ବନ୍ୟ ପରିବେଶରେ ଥିବା ପଶୁପକ୍ଷୀମାନଙ୍କୁ ଦେଖିବାରେ ରହିଛି ଅନେକ ଆନନ୍ଦ। କିନ୍ତୁ ଶିକାରୀ ମାନଙ୍କର ଅହେତୁକ ଶିକାରପ୍ରିୟତା ଏବଂ ବିଚାରହୀନ ଶିକାର ପ୍ରକ୍ରିୟା ଫଳରେ ବନଭୂମିରୁ ବହୁବିଧ ବନ୍ୟଜନ୍ତୁ ସବଂଶରେ ଲୁପ୍ତ ଓ ନିଶ୍ଚିହ୍ନ ହେବାକୁ ବସିଲେଣି। ବୃକ୍ଷଲତା, ଗୁଳ୍ମ ଆଦି, ପଶୁପକ୍ଷୀ, ଜୀବଜନ୍ତୁମାନଙ୍କର ଅଭିବୃଦ୍ଧି, ମାନବ ସମାଜର ଅର୍ଥନୈତିକ ଓ ବୈଜ୍ଞାନିକ ପ୍ରଗତିରେ ସହାୟକ ହୋଇଥାଏ। ଅସଂଖ୍ୟ ବନ୍ୟଜନ୍ତୁଙ୍କର ବିଭିନ୍ନ ଅଙ୍ଗ ମନୁଷ୍ୟର ଔଷଧ ଆଦି ପ୍ରସ୍ତୁତିରେ ବିଶେଷ ଭାବରେ ବ୍ୟବହୃତ ହୁଏ। ବନ ମଧ୍ୟରେ ଏକ ଶ୍ରେଣୀର ଶ୍ୱାନ ରହିଛନ୍ତି, ଯେଉଁମାନେ କି ଜଙ୍ଗଲ ମଧ୍ୟରେ ମନୁଷ୍ୟଙ୍କୁ ବାଟ ଦେଖାଇଥାଆନ୍ତି। ଶିକାରୀମାନଙ୍କର ଅତ୍ୟାଚାରରୁ ବନ୍ୟଜନ୍ତୁଙ୍କୁ ରକ୍ଷା କରିବା ଲାଗି ଏବେଠାରୁ ସତର୍କ ନହେଲେ ମନୁଷ୍ୟ ସମାଜ ଏକ ଅମୂଲ୍ୟ ମହାସମ୍ପଦ




ହରାଇ ବସିବ।

ବନ୍ୟପ୍ରାଣୀମାନଙ୍କର ସୁରକ୍ଷା ପାଇଁ ୧୯୭୨ ମସିହାରେ ବନ୍ୟପ୍ରାଣୀ ସଂରକ୍ଷଣ ଆଇନ ପ୍ରଣୀତ ହୋଇଅଛି। ବନ୍ୟଜନ୍ତୁ ସଂରକ୍ଷଣ ନିମିତ ଭାରତବର୍ଷରେ ୧୦୪ଟି ଜାତୀୟ ଉଦ୍ୟାନ ତାର ଆୟତନ ୪୩.୭୧୬ km2 ଓ ୫୬୬ଟି ଅଭୟାରଣ୍ୟ ଯାହାର କ୍ଷେତ୍ରଫଳ ୧୨୨୪୨୦ km2 ଅଟେ। ସମୟକ୍ରମେ ଏସବୁର ବୃଦ୍ଧି ଘଟୁଛି। ଓଡ଼ିଶାର ୨ଟି ଜାତୀୟ ଉଦ୍ୟାନ ଥିବା ବେଳେ ମଧ୍ୟପ୍ରଦେଶରେ ୧୧ଟି ଓ ପଞ୍ଜାବରେ ଜାତୀୟ


© Harsha Narasimhamurthy / CATERS NEWS

ଉଦ୍ୟାନ ନାହିଁ। ଓଡ଼ିଶାରେ ୧୯ ଟି ଅଭୟାରଣ୍ୟ ଥିବାବେଳେ ମହାରାଷ୍ଟ୍ରରେ ୪୮ଟି ଅଭୟାରଣ୍ୟ ଅଛି। ଆମ ଭାରତବର୍ଷରେ ୫୨ଟି ବ୍ୟାଘ୍ର ସଂରକ୍ଷଣ ଅଭୟାରଣ୍ୟ ଏବଂ ୩୨ଟି ହାତୀ ସଂରକ୍ଷଣ ଅଭୟାରଣ୍ୟ ରହିଅଛି। ବ୍ୟାଘ୍ରଙ୍କ ସଂଖ୍ୟା ପ୍ରାୟ ୨୯୬୭ଟି ଥିଲାବେଳେ ହାତୀମାନଙ୍କ ସଂଖ୍ୟା ୨୭୩୧୨, ସେହିପରି ଭାରତ ବର୍ଷରେ ସିଂହମାନଙ୍କ ସଂଖ୍ୟା ପ୍ରାୟ ୬୭୪ଟି। ଓଡ଼ିଶାରେ ହାତୀ ସଂରକ୍ଷଣ ପାଇଁ ମୟୁରଭଞ୍ଜ (ER), ମହାନଦୀ (ER) ସମ୍ବଲପୁର (ER) ଓ ଚନ୍ଦକା ହାତୀ ଅଭୟାରଣ୍ୟ ରହିଛି। କେନ୍ଦ୍ର ସରକାର ବନ୍ୟଜନ୍ତୁମାନଙ୍କ ସୁରକ୍ଷା ପାଇଁ The Indian Board For Wild-life ନାମକ ଏକ ସଂଗଠନ ପ୍ରତିଷ୍ଠା କରିଛନ୍ତି। ବନ୍ୟଜନ୍ତୁ ସଂରକ୍ଷଣ ବିଷୟରେ ଜନସାଧାରଣଙ୍କୁ ସଚେତନତା ପାଇଁ ବନ୍ୟଜନ୍ତୁ ସଂରକ୍ଷଣ ସପ୍ତାହ ବା ପଶୁ କଲ୍ୟାଣ ଦିବସ ଅକ୍ଟୋବର ମାସ ୪ ତାରିଖରେ ପାଳନ କରାଯାଇଥାଏ। ଗାନ୍ଧୀ ଜୟନ୍ତୀରୁ ଏହି ବନ୍ୟଜନ୍ତୁ ସପ୍ତାହ ପାଳନ କରାଯାଏ। ଭାରତବର୍ଷରେ ବିଭିନ୍ନ ରାଜ୍ୟରେ ବନ୍ୟଜନ୍ତୁ ସରଂକ୍ଷଣର ବହୁ ଆଦର୍ଶ କେନ୍ଦ୍ର ରହିଛି। ସେଗୁଡିକ ହେଉଛି ବଳୀପୁର ଅଭୟାରଣ୍ୟ, ଚନ୍ଦ୍ରପ୍ରଭା ଅଭୟାରଣ୍ୟ, ଗୁଜରାଟର ଗିରି ବନଭୂମି, ବଙ୍ଗରାଜ୍ୟର ବଳଦପଡ଼ା ଅଭୟାରଣ୍ୟ, ହିମାଳୟ ନିକଟ ବର୍ତି କର୍ବେଟ୍ ଜାତୀୟ ଉଦ୍ୟାନ, ଦରଚିଗ୍ରାମ ଅଭୟାରଣ୍ୟ, ଜବଲପୁରଠାରୁ ପ୍ରାୟ ଶହେ ମାଇଲ ଦୂରରେ ଥିବା କହ୍ନା ଜାତୀୟ ଉଦ୍ୟାନ, ଆସାମର କାଜିରଙ୍ଗା ଅଭୟାରଣ୍ୟ, ମାନସ ଅଭୟାରଣ୍ୟ ଭରତପୁରଠାରେ ଥିବା କେଜି ଅଭୟାରଣ୍ୟ, ମାନ୍ଦ୍ରାଜର ମୃଦୁମଲାଇ ଅଭୟାରଣ୍ୟ, ମଧ୍ୟପ୍ରଦେଶରେ ଥିବା ଶିବପୁର ଜାତୀୟ ଉଦ୍ୟାନ, କେରଳରେ ପେରିଆର ଅଭୟାରଣ୍ୟ, ସିରିସ୍ ଅଭୟାରଣ୍ୟ, ମାନ୍ଦ୍ରାଜରେ ଥିବା ବେଦାନ୍ତ ପଶୁପକ୍ଷୀ ଅଭୟାରଣ୍ୟ, ରାଜାଜୀ ଅଭୟାରଣ୍ୟ, ଶିଉଲିକ୍ ଗିରିମାଳାରେ ଅବସ୍ଥିତ।

ଭାରତର ଅରଣ୍ୟମାନଙ୍କରେ ବିଭିନ୍ନ ପ୍ରକାର ବନ୍ୟ ପଶୁ ଓ ପକ୍ଷୀ ଦେଖାଯାଆନ୍ତି। ସେଗୁଡ଼ିକ ମଧ୍ୟରେ ସିଂହ, ବାଘ, ହାତୀ, ଭାଲୁ, ଗଣ୍ଡା, ଗଉର, ବାରହା, ମାଙ୍କଡ, କୋକିଶିଆଳି, ଗଧିଆ, ବିଲୁଆ, ହରିଣ, ସମ୍ବର, ଚିତାବାଘ ଓ ବିଭିନ୍ନ ଜାତିର ସରୀସୃପ, ସାପ, କୁମ୍ଭୀର, ମୟୂର, ଶୁଆଶାରୀ, ଚିଲ, ଛଂଚାଣ, ପେଚା, କୋଚିଲାଖାଇ ଆଦି ଦେଖାଯାଆନ୍ତି। ପଶ୍ଚିମବଙ୍ଗର ସୁନ୍ଦରବନରେ ମହାବଳ ବାଘ ଦେଖାଯାଆନ୍ତି। ହିମାଳୟ ପାଦଦେଶାଂଚଳ, ଓଡ଼ିଶା, କର୍ଣ୍ଣାଟକ, ମଧ୍ୟପ୍ରଦେଶରେ ହାତୀ ଓ ବାଘ ଦେଖାଯାଆନ୍ତି। ଆସାମ ଓ ବଙ୍ଗର ଅରଣ୍ୟରେ ଗଣ୍ଡା ବାସ କରନ୍ତି। ଭାରତୀୟ ଗଣ୍ଡା ଅନ୍ୟଦେଶର ଗଣ୍ଡାଙ୍କଠାରୁ ବଡ଼ ହୋଇଥାଆନ୍ତି। ହିମାଳୟ ପାର୍ବତ୍ୟାଂଚଳ (ଆସାମ ନେପାଳ ସୀମା)ରେ ଚମରୀ ଗାଈ ଓ କସ୍ତୁରୀ ମୃଗ ଦେଖିବାକୁ ମିଳେ। ମଧ୍ୟପ୍ରଦେଶ, ଓଡ଼ିଶା, ଉତରପ୍ରଦେଶରେ ନୀଳଗାଈ ଦେଖାଯାଆନ୍ତି। ଓଡ଼ିଶାର ସରୀସୃପମାନଙ୍କ ମଧ୍ୟରେ ବଉଳା କୁମ୍ଭୀର, ମଗର, ସମୁଦ୍ର କଇଁଛ, ଘଡ଼ିଆଳ କୁମ୍ଭୀର ଓ ଗୋଧି ଆଦି ପ୍ରଧାନ। ଓଡ଼ିଶାରେ ଡାଙ୍ଗମାଳଠାରେ ଏହି ସରୀସୃପମାନଙ୍କ ଅଭୟାରଣ୍ୟ ହୋଇଅଛି।

ଅରଣ୍ୟ ଓ ବନ୍ୟଜନ୍ତୁ ପ୍ରାକୃତିକ ବିଭବ, ସଭ୍ୟତା, ସଂସ୍କୃତିର ସୁରକ୍ଷା ନିମିତ ଜଙ୍ଗଲ ଓ ବନ୍ୟ ପ୍ରାଣୀମାନଙ୍କର ସଂରକ୍ଷଣ ଅତି ଜରୁରୀ ହୋଇପଡିଛି। ସେଥିପାଇଁ ୧୯୮୩ ମସିହାରେ କେନ୍ଦ୍ର ସରକାର 'ନ୍ୟାସନାଲ ୱାଇଲଡ୍ ଆକ୍ସନ ପ୍ଲାନ୍' ଯୋଜନା କାର୍ଯ୍ୟକାରୀ କରୁଅଛନ୍ତି। ସରକାରଙ୍କ କଠୋର ଆଇନଗତ ପଦକ୍ଷେପ, ବନ କର୍ମଚାରୀମାନଙ୍କର ସାଧୁତା ଓ ନିଷ୍ଠାପର କର୍ତବ୍ୟପରାୟଣତା ଯୋଗୁ ପ୍ରାକୃତିକ ସମ୍ପଦର ସୁରକ୍ଷା ହୋଇପାରିବ।

***"ମିଳିମିଶି କଲେ ପ୍ରାଣୀ ସୁରକ୍ଷା ମନୁଷ୍ୟ ସମାଜ ହୋଇବ ରକ୍ଷା।"***

# ରତ୍ନାବଳୀ ଶକ୍ତିପୀଠ, ପଶ୍ଚିମବଙ୍ଗ



ଦେବୀ ଭାଗବତ ପୁରାଣରେ ୧୦୮, କାଳିକା ପୁରାଣରେ ୨୬, ଶିବଚରିତରେ ୫୧, ଦୁର୍ଗାଶପ୍ତସତୀ ଏବଂ ତନ୍ତ୍ର ଚୂଡ଼ାମଣିରେ ଭାରତୀୟ ଉପମହାଦେଶରେ ଥିବା ଶକ୍ତିପୀଠ ଗୁଡ଼ିକର ସଂଖ୍ୟା ୫୨ ବୋଲି କୁହାଯାଇଛି। ମାତ୍ର ଶକ୍ତିପୀଠ ସଂଖ୍ୟା ୫୧ଟି ବୋଲି କେତେକ ମତ ଦିଅନ୍ତି। ତେବେ ତନ୍ତ୍ର ଚୂଡ଼ାମଣିରେ ୫୨ ଟି ଶକ୍ତିପୀଠ ସଂପର୍କରେ କୁହାଯାଇଛି। ଏହି କ୍ରମରେ ମାତା ସତୀଙ୍କ ଶକ୍ତିପୀଠ ମାନଙ୍କ ମଧ୍ୟରେ "ରତ୍ନାବଳୀ ଶକ୍ତିପୀଠ" ଅନ୍ୟତମ। ଏହି ଶକ୍ତିପୀଠ ହିନ୍ଦୁ ମାନଙ୍କର ପ୍ରମୁଖ ଧାର୍ମିକ ସ୍ଥଳ ଭାବେ ବେଶ୍ ପରିଚିତ। ପଶ୍ଚିମବଙ୍ଗ ରାଜ୍ୟର ହୁଗୁଳି ଜିଲ୍ଲାର ଖାନକୁଲ-କୃଷ୍ଣନଗର ରତ୍ନାକର ନଦୀ କୂଳରେ ଏହି ମନ୍ଦିର ଅବସ୍ଥିତ। ଏହା "ରତ୍ନାବଳୀ ଶକ୍ତିପୀଠ" ଭାବରେ ପରିଚିତ। ତେବେ "ରତ୍ନାବଳୀ ଶକ୍ତିପୀଠ"ର ସଠିକ୍ ସ୍ଥାନକୁ ନେଇ ଏବେ ମଧ୍ୟ ମତଭେଦ ରହିଛି। ଅର୍ଥାତ୍ ଶକ୍ତିପୀଠର ସଠିକ୍ ସ୍ଥାନ ଅଜ୍ଞାତ। ଏହି ଶକ୍ତିପୀଠ ସାରା ଭାରତରେ ବିଖ୍ୟାତ।

ହିନ୍ଦୁ ପୁରାଣ ଶାସ୍ତ୍ର ଅନୁଯାୟୀ ବ୍ରହ୍ମାଣ୍ଡ ସରଂଚନା ପାଇଁ ଭଗବାନ ବ୍ରହ୍ମା, ଭଗବାନ ମହାଦେବ ଓ ଭଗବାନ ବିଷ୍ଣୁ ତାଙ୍କର ତଥା କଥିତ ମାତା ଆଦିଶକ୍ତିଙ୍କୁ ସନ୍ତୁଷ୍ଟି ପାଇଁ ଏକ ଯଜ୍ଞର ଆୟୋଜନ କଲେ। ମା'ଶକ୍ତି ମଧ୍ୟ ଏଥିରେ ବ୍ରହ୍ମାଙ୍କୁ ସହଯୋଗ ଦେଲେ। ତେବେ ବ୍ରହ୍ମାଙ୍କ ପୁତ୍ର ଦକ୍ଷରାଜ ପିତାଙ୍କ ନିର୍ଦ୍ଦେଶରେ ମା' ଶକ୍ତିଙ୍କୁ ନିଜର ଝିଅ ରୂପରେ ପାଇବାକୁ ବିଭିନ୍ନ ଯଜ୍ଞ ଆଦି ଉପାସନା କଲେ। ଶେଷରେ ମା'ଶକ୍ତି ମାନବ ରୂପରେ ଜନ୍ମ ନେଲେ। ଏହା ପଛରେ ବ୍ରହ୍ମାଙ୍କର ଉଦ୍ଦେଶ୍ୟ ଥିଲା ଯେ, ଭଗବାନ ଶିବଙ୍କ ସହ ଶକ୍ତିଙ୍କର ମିଶ୍ରଣ କରାଇ ସୃଷ୍ଟି




ସଂରଚନା କରିବା ପାଇଁ। ସେଥିପାଇଁ ସେ ତାଙ୍କର ନାମକରଣ କରିଥିଲେ ସତୀ। ମାତ୍ର କୌଣସି ପ୍ରକାର ମାତା ସତୀଙ୍କୁ ଶିବ ବିବାହ କରି କୈଳାଶ ପର୍ବତ ନେଇଗଲେ। ଏହା ଜାଣିପାରି ଦକ୍ଷଙ୍କ ରାଗ ଚରମ ସୀମାରେ ପହଂଚିଗଲା। ଶିବଙ୍କୁ ସବୁ ଦେବୀ ଦେବତାଙ୍କ ସାମ୍ନାରେ ଅପମାନିତ କରିବା ପାଇଁ ଦକ୍ଷ ମୁନିମଣ୍ଡଳ ଠାରେ ଏକ ଯଜ୍ଞର ଆୟୋଜନ କଲେ। ଝିଅ ସତୀ ଓ ଜ୍ୱାଇଁ ଶିବଙ୍କୁ ନିମନ୍ତ୍ରଣ କଲେ ନାହିଁ। ଏଥିରେ ନିଜକୁ ଅପମାନିତ ବୋଧ କରି ସତୀ ସ୍ୱୟଂ ବାପାଙ୍କ ଯଜ୍ଞ ସ୍ଥଳରେ ପହଂଚି ଯାହା ଦେଖିଲେ ଆଖିକୁ ବିଶ୍ୱାସ କଲେ ନାହିଁ। ବାପା ଦକ୍ଷ କିଛି ଆଦର ଗଉର ନକରି ଝିଅ ଜ୍ୱାଇଁଙ୍କୁ ଅପମାନ ସୂଚକ ଶବ୍ଦ ସବୁ ଶୁଣାଇଲେ। ସେକ୍ଷଣି ବାପାଙ୍କ ଅପମାନକୁ ସହ୍ୟ କରି ନପାରି ମାତା ସତୀ ଅଗ୍ନି କୁଣ୍ଡରେ ଆତ୍ମଦାହ କଲେ। ତ୍ରିକାଳଦର୍ଶୀ ଶିବ ଏ ଖବର ଜାଣି ସେଠାରେ ପହଞ୍ଚିଲେ ଓ ଗଭୀର ଦୁଃଖରେ ସତୀଙ୍କ ମର ଶରୀର ଧରି ତାଣ୍ଡବ ନୃତ୍ୟ କରିବାକୁ ଲାଗିଲେ। ଏହାଦ୍ୱାରା ସାରା ବ୍ରହ୍ମାଣ୍ଡ ପ୍ରକମ୍ପିତ ହୋଇ ଉଠିଲା। ସବୁଆଡ଼େ ଚାଲିଲା ଧ୍ୱଂସଲୀଳା। ଦେବଦେବୀମାନେ ଏହାର ସମାଧାନ ବା ଭଗବାନ ଶିବଙ୍କ କ୍ରୋଧକୁ ଶାନ୍ତ କରିବା ପାଇଁ କିଛି ଉପାୟ ବାହାର କରିବାକୁ ଭଗବାନ ବ୍ରହ୍ମା ଓ ଭଗବାନ ବିଷ୍ଣୁଙ୍କୁ ଅନୁରୋଧ କଲେ। ଧ୍ୱଂସଲୀଳା ବନ୍ଦ କରି ବ୍ରହ୍ମାଣ୍ଡରେ ଶାନ୍ତି ସ୍ଥାପନ ପାଇଁ ଭଗବାନ ବ୍ରହ୍ମା ଭଗବାନ ବିଷ୍ଣୁଙ୍କୁ ଅନୁରୋଧ କଲେ। ଭଗବାନ ବିଷ୍ଣୁ ଅନୁଭବ କଲେ ଯେ,



ଯେପର୍ଯ୍ୟନ୍ତ ଭଗବାନ ଶିବଙ୍କ ହସ୍ତରୁ ମାତା ସତୀଙ୍କ ମର ଶରୀର ଅଲଗା ହୋଇନାହିଁ, ସେପର୍ଯ୍ୟନ୍ତ ଭଗବାନ ଶିବ ଶାନ୍ତ ହେବେ ନାହିଁ କି ବ୍ରହ୍ମାଣ୍ଡ ଧ୍ୱଂସାଭିମୁଖରୁ ବର୍ତ୍ତିବ ନାହିଁ। ଏଣୁ ବ୍ରହ୍ମାଣ୍ଡ ରକ୍ଷା ପାଇଁ ସଙ୍ଗେସଙ୍ଗେ ଭଗବାନ ଶିବ ଧରିଥିବା ମାତା ସତୀଙ୍କ ମର ଶରୀରକୁ ଖଣ୍ଡ ବିଖଣ୍ଡିତ କରି ଆତ୍ମା ରହିତ କରିବାକୁ ଭଗବାନ ବିଷ୍ଣୁ ନିଜର ସୁଦର୍ଶନ ଚକ୍ରକୁ ଆଦେଶ ଦେଲେ।

କିଛିକ୍ଷଣ ମଧ୍ୟରେ ସୁଦର୍ଶନ ଚକ୍ର ମା'ସତୀଙ୍କ ଶରୀରକୁ ଖଣ୍ଡ ବିଖଣ୍ଡିତ କରିଦେଲା ଓ ମା'ଙ୍କ ଶରୀରର ବିଭିନ୍ନ ଅଂଶ ଭାରତୀୟ ଉପମହାଦେଶର ଅନେକ ସ୍ଥାନରେ ବିଛିହୋଇ ପଡ଼ିଲା। ଦୁଃଖରେ ମ୍ରିୟମାଣ ଭଗବାନ ଶିବ ସତୀଙ୍କ ବିଖଣ୍ଡିତ ଅଙ୍ଗ ଖୋଜିବା ଆରମ୍ଭ କଲେ। ଏଥିରେ ସହାୟତା କଲେ ଭଗବାନ ଭୈରବ। ସର୍ବ ଶେଷରେ ମାତା ସତୀଙ୍କ ଅଙ୍ଗର ମୁଖ୍ୟାଂଶ ସମେତ ସମସ୍ତ ଖଣ୍ଡକୁ ଖୋଜି ପୂଜାର୍ଚ୍ଚନା ତଥା ଖଣ୍ଡ ଗୁଡ଼ିକୁ ସୁରକ୍ଷା ଦେବାକୁ ଭଗବାନ ଭୈରବଙ୍କୁ ନିର୍ଦ୍ଦେଶ ଦେଲେ ଭଗବାନ ବ୍ରହ୍ମା। ସେହି ଦୁର୍ଲଭ ସ୍ଥାନ ଗୁଡ଼ିକୁ ଭଗବାନ ବ୍ରହ୍ମା, ଭଗବାନ ବିଷ୍ଣୁ ଓ ଭଗବାନ ଶିବ ମିଶି ଶକ୍ତି ପୀଠର ମାନ୍ୟତା ଦେଲେ।

"ରତ୍ନାବଳୀ ଶକ୍ତିପୀଠ"ରେ ମାତା ସତୀଙ୍କର ଡାହାଣ କାନ୍ଧ ଖଣ୍ଡ ପଡ଼ିଥିଲା। ଏଠାରେ ମାତା ଶକ୍ତିଙ୍କୁ 'କୁମାରୀ' ରୂପରେ ପୂଜା କରାଯାଏ ଏବଂ ଭଗବାନ ଶିବଙ୍କୁ 'ଭୈରବ'



ରୂପରେ ପୂଜା କରାଯାଏ। ଏହି ଶକ୍ତିପୀଠରେ ବର୍ଷ ସାରା ବିଭିନ୍ନ ପର୍ବ ପର୍ବାଣୀ ଧୂମଧାମ୍‌ରେ ପାଳିତ ହୋଇଥାଏ। ବିଶେଷତଃ ଦୁର୍ଗା ପୂଜା ଓ ପବିତ୍ର ନବରାତ୍ର ଉତ୍ସବ ଏଠାରେ ଧୂମଧାମରେ ପାଳନ କରାଯାଏ। ମନ୍ଦିରର ଆଧ୍ୟାତ୍ମିକ ପରିବେଶ ଭକ୍ତ ଓ ଶ୍ରଦ୍ଧାଳୁ ମାନଙ୍କ ମନ, ପ୍ରାଣ ଓ ହୃଦୟ କୁ ଶାନ୍ତି ପ୍ରଦାନ କରିଥାଏ।

ବର୍ଷର ସବୁ ସମୟରେ ମାତାଙ୍କର ଏହି ଶକ୍ତିପୀଠରେ ଭକ୍ତ ଓ ଶ୍ରଦ୍ଧାଳୁଙ୍କ ଗହଳି ଲାଗି ରହିଥାଏ। ଦେବୀଙ୍କର ମନ୍ଦିରର ଅପରୂପ ଶୋଭା ଦେଖିବା ଭଳି ହୋଇଥାଏ। ଏଥିପାଇଁ ଲକ୍ଷ ଲକ୍ଷ ଭକ୍ତ ଓ ଶ୍ରଦ୍ଧାଳୁ ମୁଖ୍ୟତଃ ମାତାଙ୍କୁ ପୂଜା କରିବାକୁ ଏଠାକୁ ଆସିଥାନ୍ତି। ଏଠାକାର ପୂଜାବିଧିର ପ୍ରତ୍ୟେକ କାର୍ଯ୍ୟକ୍ରମ ଖୁବ୍ ଆନନ୍ଦ ଦାୟକ ଓ ମନୋରମ।

ନବରାତ୍ର ସମୟରେ ଏଠାକାର ପରିବେଶ ଖୁବ୍ ଆକର୍ଷକ ଓ ଶକ୍ତିମୟ ହୋଇଯାଏ। ଏହି ସମୟରେ ମନ୍ଦିର ପ୍ରାଙ୍ଗଣରେ ଶକ୍ତିଙ୍କୁ ଆରାଧନା କରାଯାଏ। ଏହି ସମୟରେ ଭକ୍ତ ଓ ଶ୍ରଦ୍ଧାଳୁ ମାନେ ମାତାଙ୍କ ଦର୍ଶନ ପାଇଁ ଏକତ୍ରିତ ହୁଅନ୍ତି।

**କେମିତି ଯିବେ:** (୧) ନିକଟସ୍ଥ ରେଳ ଷ୍ଟେଷନ୍ ଠାରୁ ମାତ୍ର ୭୩.୬ କିମି ଦୂରରେ "ରତ୍ନାବଳୀ ଶକ୍ତିପୀଠ" ଅବସ୍ଥିତ। (୨)ନିକଟସ୍ଥ ନେତାଜୀ ସୁବାଶଚନ୍ଦ୍ର ବିମାନ ବନ୍ଦର ଠାରୁ ମାତ୍ର ୭୭.୮ କିମି ଦୂରରେ "ରତ୍ନାବଳୀ ଶକ୍ତିପୀଠ" ଅବସ୍ଥିତ। ପ୍ରତିଦିନ ମନ୍ଦିର ସକାଳ ୫.୩୦ରୁ ଖୋଯାଏ ଓ ରାତି ୧୦ଟାରେ ବନ୍ଦ ହୁଏ।

## ଉତ୍କଳମଣି ଗୋପବନ୍ଧୁଙ୍କ ସେବା ଓ ତ୍ୟାଗ ଅତୁଳନୀୟ

ରାଉରକେଲା (ପିଏନ୍): ମହାନ ସ୍ୱାଧୀନତା ସଂଗ୍ରାମୀ, ସମାଜ ସଂସ୍କାରକ ତଥା ଓଡିଶା ପ୍ରଦେଶ କଂଗ୍ରେସର ପ୍ରଥମ ସଭାପତି ଉତ୍କଳମଣି ପଣ୍ଡିତ ଗୋପବନ୍ଧୁ ଦାସଙ୍କର ସେବା ଓ ତ୍ୟାଗ ଅତୁଳନୀୟ ବୋଲି ରାଉରକେଲା ଜିଲ୍ଲା କଂଗ୍ରେସ ତରଫରୁ କୁହାଯାଇଛି। ଗତ ୯ ତାରିଖରେ ପଣ୍ଡିତଜୀଙ୍କ ଜନ୍ମଜୟନ୍ତୀ ଅବସରରେ ରାଉରକେଲା ଜିଲ୍ଲା କଂଗ୍ରେସ ତରଫରୁ ଅନୁଷ୍ଠିତ କାର୍ଯ୍ୟକ୍ରମରେ ପ୍ରଦେଶ କଂଗ୍ରେସର ଉପସଭାପତି ଯଜ୍ଞେଶ୍ୱର ବାବୁ ମୁଖ୍ୟ ଅତିଥି ଭାବେ ଯୋଗଦେଇ ପଣ୍ଡିତଜୀଙ୍କ ସ୍ମୃତିଚାରଣ କରିଥିଲେ। ଜିଲ୍ଲା କଂଗ୍ରେସର ଅନ୍ତରୀଣ ସଭାପତି ଦେବବ୍ରତ ବିହାରୀଙ୍କ ଅଧ୍ୟକ୍ଷତାରେ ସ୍ଥାନୀୟ ଗୋପବନ୍ଧୁପାଲ୍ଲୀଠାରେ ଅବସ୍ଥିତ ପଣ୍ଡିତଜୀଙ୍କ ପ୍ରତିମୂର୍ତ୍ତି ସ୍ଥଳରେ ଏହି ଶ୍ରଦ୍ଧାଂଜଳି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଶ୍ରୀ ବାବୁ ଯୋଗଦେଇ ପଣ୍ଡିତଜୀଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିବା ସହିତ ଉପସ୍ଥିତ କଂଗ୍ରେସ କର୍ମୀମାନଙ୍କୁ ସମ୍ବୋଧିତ କରିଥିଲେ। ଶ୍ରୀ ବାବୁ ତାଙ୍କ ବକ୍ତବ୍ୟରେ ଗୋପବନ୍ଧୁ ଦାସ ସେବା ଓ ତ୍ୟାଗର ମୂର୍ତ୍ତିମନ୍ତ ପ୍ରତୀକ ଥିଲେ ବୋଲି ଉଲ୍ଲେଖ କରି ତାଙ୍କ ସେବା ଓ ତ୍ୟାଗର ତୁଳନା ନାହିଁ ବୋଲି କହିଥିଲେ। ତାଙ୍କ ସେବା, ତ୍ୟାଗ ଓ ସଂଘର୍ଷର କାହାଣୀକୁ ଅନୁଶୀଳନ କଲେ ସେ ଉତ୍କଳମଣି କାହିଁକି ଭାରତମଣି ପାଇଁ ସେ ଯୋଗ୍ୟ ଥିଲେ ବୋଲି କହିଥିଲେ। ତେଣୁ ତାଙ୍କ ନୀତି ଓ ଆଦର୍ଶକୁ ପାଥେୟ କରି କଂଗ୍ରେସ କର୍ମୀମାନେ ନିଷ୍ଠାର ସହିତ ସାଧାରଣ ଲୋକଙ୍କ ସେବାରେ ନିଜକୁ ନିୟୋଜିତ କଲେ ସେମାନଙ୍କ ନେତୃତ୍ୱ ବିକଶିତ ହେବା ସହିତ କଂଗ୍ରେସକୁ ସାଧାରଣ ଲୋକଙ୍କ ଆସ୍ଥାଭାଜନ କରାଇପାରିବେ ବୋଲି କହିଥିଲେ। ଏହି କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ପୂର୍ବତନ ସଭାପତି ବିରେନ ସେନାପତି, ପିସିସି ସଭ୍ୟ ରାମାନନ୍ଦ ଶ୍ରୀଚନ୍ଦନ, ପ୍ରଭାତୀ ମିଶ୍ର, ସବୀର ହୁସେନ ଓ ରବି ରାୟ, ଜିଲ୍ଲା କଂଗ୍ରେସର ମୁଖପାତ୍ର ଆର୍‌ପି ସିଂହ, ଯୁବ ସଭାପତି ଜ୍ଞାନେନ୍ଦ୍ର ଦାସ, ବ୍ଲକ୍ ସଭାପତି ସୁନୀଲ ପଟ୍ଟନାୟକ, କାର୍ଯ୍ୟନିର୍ବାହୀ ସଦସ୍ୟ ରୁକସାନା ବେଗମ, ଦିଲ୍ଲୀପ ଜେନା, ଗୀତା ସିଂହ, ବରିଷ୍ଠ ନେତା ଇନ୍ଦ୍ରମୋହନ ପଣ୍ଡା, ସମ୍ପାଦିକା ପ୍ରତିମା ପାଣିଗ୍ରାହୀ, ରେହେମାନ ଖାନ, ଝୁନୁ ପଟ୍ଟନାୟକ, ବିଜୟ ପଟ୍ଟନାୟକ, ସେକ ସମୀର, ସେବାଦଳର ବୁଲୁ ଦାସ ପ୍ରମୁଖ ଉପସ୍ଥିତ ରହି ପଣ୍ଡିତଜୀଙ୍କୁ ଶ୍ରଦ୍ଧାଂଜଳି ଅର୍ପଣ କରିଥିବା ବେଳେ ଉପସଭାପତି କୀର୍ତ୍ତନ ଦାସ ଧନ୍ୟବାଦ ଅର୍ପଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଡେଭିଡ ପ୍ରଧାନ, ଶ୍ୟାମସୁନ୍ଦର ସାମନ୍ତ, ବିବେକ ସାହୁ, ପ୍ରଦୀପ ବେହେରା, ଧର୍ମେନ୍ଦ୍ର ସିଂହ, ଓବିସି ଅଧ୍ୟକ୍ଷ ତ୍ରୈଲୋଚନ ସାହୁ, ଇନ୍‌ଟକ ଅଧ୍ୟକ୍ଷ ନିହାର ଦାସ, ବିପିନ ଠାକୁର ପ୍ରମୁଖଙ୍କ ସମେତ ବହୁ କଂଗ୍ରେସ କର୍ମୀ ଏହି କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିଥିଲେ ବୋଲି ଦଳ ତରଫରୁ ଏକ ପ୍ରେସ୍ ବିବୃତିରେ କୁହାଯାଇଛି।

## ପୁରୁଣା ଗଳିପୋଲ କାନ୍ଥ ଭାଙ୍ଗୁନି ଠିକାସଂସ୍ଥା



ଧର୍ମଶାଳା (ପିଏନ୍): ଧର୍ମଶାଳା ବ୍ଲକ ଜାରକାର ପୁରୁଣା ଗଳିପୋଲ କାନ୍ଥକୁ ଭାଙ୍ଗି ପାରୁନି ୧୬ ନମ୍ବର ଜାତୀୟ ରାଜପଥ ସଂପ୍ରସାରଣ କରୁଥିବା ଡିବିଏଲ୍ ଠିକାସଂସ୍ଥା। ଫ୍ଲାଇ ଓଭର ସରିବାକୁ ବସିଲାଣି, ହେଲେ ପୁରୁଣା କାନ୍ଥ କେବେ ଭଙ୍ଗା ହେବ ଏହାର ଉତର କାହା ପାଖରୁ ମିଳୁନି। ତେବେ ଉକ୍ତ କାନ୍ଥ ଅତ୍ୟନ୍ତ ମଜବୁତ ହୋଇଥିବାରୁ ଠିକାସଂସ୍ଥା ଏହାକୁ କୁଆଡ଼େ ଭାଙ୍ଗି ପାରିଲା ନାହିଁ। ଏପରିକି ଏହା ଭଙ୍ଗାଯିବନାହିଁ ବୋଲି ନିଷ୍ପତି ହୋଇଥିବା ଚର୍ଚ୍ଚା ହେଉଛି। ନୂଆ କାନ୍ଥ ପାଖରେ ଅନ୍ୟ ଏକ ପୁରୁଣା ଭଙ୍ଗା କାନ୍ଥ ଥିବାରୁ ଏହା ଅସୁନ୍ଦର ଦେଖାଯାଉଛି। କାମ ସଂପୂର୍ଣ୍ଣ ହେବା ପୂର୍ବରୁ ପୁରୁଣା କାନ୍ଥକୁ ଭାଙ୍ଗିଦେବାକୁ ଅଞ୍ଚଳବାସୀ ଦାବି କରିଛନ୍ତି। ଏପଟେ ତିନିବର୍ଷ ହେଲା ଜାରକା ବଜାର ଅଞ୍ଚଳରେ ନା' ସରି ପାରୁଛି ଜାତୀୟ ରାଜପଥ ସଂପ୍ରସାରଣ, ନା' ଶେଷ ହେଉଛି ଫ୍ଲାଇ ଓଭର ନିର୍ମାଣ! ସେହିପରି ନିକଟରେ ଅନ୍ୟ ଏକ ଗଳିପୋଲ ନିର୍ମାଣ କାର୍ଯ୍ୟ ଶେଷ ହୋଇଥିଲେ ମଧ୍ୟ ତାହା ବନ୍ଦ ହୋଇ ପଡ଼ିଛି। ଏହା ଖୋଲାଗଲେ ଅଞ୍ଚଳବାସୀ ଓ ବ୍ୟବସାୟୀମାନଙ୍କ ଯାତାୟାତରେ ସୁବିଧା ହେବା ସହିତ ବ୍ୟବସାୟ ବୃଦ୍ଧି ହୋଇପାରନ୍ତା ବୋଲି କୁହାଯାଉଛି। ଜାତୀୟ ରାଜପଥ ସଂପ୍ରସାରଣ କାର୍ଯ୍ୟ ଚାଲିଥିବାରୁ ମୁଖ୍ୟ ରାସ୍ତା ବଦଳରେ ଦୁଇବର୍ଷ ହେଲା ଆପ୍ରୋଚ୍ ରୋଡ୍‌ରେ ଗାଡିମୋଟର ଚଳପ୍ରଚଳ କରୁଛି। ଟିକେ ଅସାବଧାନ ହେଲେ ଜୀବନ ଚାଲିଯିବାର ଭୟ। ସ୍କୁଲ୍, କଲେଜ୍ ଛାତ୍ରଛାତ୍ରୀମାନଙ୍କ ପାଇଁ ରାଜପଥ ପାର ହେବା ବଡ଼ ସମସ୍ୟା ସୃଷ୍ଟି କରିଛି। ନିର୍ମାଣାଧୀନ ଫ୍ଲାଇ ଓଭର ନିକଟରେ ଠିକାସଂସ୍ଥା କର୍ମଚାରୀ ଟ୍ରାଫିକ୍ ନିୟନ୍ତ୍ରଣ କରୁଥିଲେ ମଧ୍ୟ ଡ୍ରାଇଭରଙ୍କ ବେପରୁଆ ଗାଡିଚାଳନା ଅନେକ ସମୟରେ ଦୁର୍ଘଟଣାର କାରଣ ପାଲଟୁଛି। ଜାରକା ନିକଟ ବ୍ରାହ୍ମଣୀ ବ୍ରିଜ୍‌ଠାରୁ ରଥିଆ ଛକ ପର୍ଯ୍ୟନ୍ତ ଜାତୀୟ ରାଜପଥ ଏବେ ମୃତ୍ୟୁଯନ୍ତା ପାଲଟିଛି। ସେହିପରି ଅଣଚଉଡ଼ା ଆପ୍ରୋଚ୍ ରୋଡ୍ ଏବେ ବସଷ୍ଟାଣ୍ଡ ପାଲଟିଛି। ଦୁଇ ଲାଇନ୍‌ରେ ଗାଡ଼ି ଚାଲିଥିବାରୁ ଅପେକ୍ଷାରତ ବସ୍‌ଯାତ୍ରୀମାନଙ୍କୁ ଠିଆ ହେବାପାଇଁ ଜାଗା ଟିକେ ମିଳୁନାହିଁ। ଯାତ୍ରୀ ନେବା ପାଇଁ କିମ୍ବା ଓହ୍ଲାଇବା ପାଇଁ ବସ୍‌ଟିଏ ରାସ୍ତା ଉପରେ କିଛିକ୍ଷଣ ଛିଡ଼ା ହୋଇଗଲେ ସାଙ୍ଗେ ସାଙ୍ଗେ ପଛକୁ ପଛ ଗାଡିମୋଟରର ଲମ୍ବା ଲାଇନ୍ ଲାଗିଯାଉଛି। ଅସଂଖ୍ୟ ଗାଡିମୋଟର ଚଳାଚଳ କରୁଥିବାରୁ ଟ୍ରାଫିକ୍ ସମସ୍ୟା ଦିନକୁ ଦିନ ଉତ୍କଟ ହେବାରେ ଲାଗିଛି। କେଉଁଠି ବସ୍‌ଷ୍ଟାଣ୍ଡ ହେବ ତାହା ମଧ୍ୟ ନିଷ୍ପତି ହୋଇପାରିନାହିଁ। ବିଶ୍ରାମାଗାର କିମ୍ବା ପରିସ୍ରାଗାର ନଥିବାରୁ ମହିଳା ଯାତ୍ରୀମାନେ ବହୁ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ତେବେ ରାଜପଥ ନିର୍ମାଣ ଓ ଜାରକା ଫ୍ଲାଇ ଓଭର କେବେ ସରିବ ଏବଂ ଏମିତି ବିପଦରେ ଲୋକେ କେତେଦିନ ଯାତାୟାତ କରୁଥିବେ, ଏହାକୁ ନେଇ ଅଞ୍ଚଳବାସୀ ସନ୍ଦିହାନ ଅଛନ୍ତି। ମୁଖ୍ୟମନ୍ତ୍ରୀ ଏଥିପ୍ରତି ଦୃଷ୍ଟି ଦେବାକୁ ବୁଦ୍ଧିଜୀବୀ ମହଲରେ ଦାବି ହୋଇଛି।

ସଂ ଗଚ୍ଛଧ୍ୱଂ ସଂ ବଦଧ୍ୱଂ ସଂ ବୋ ମନାଂସି ଜାନତାମ୍ ।
ଦେବା ଭାଗଂ ଯଥା ପୂର୍ବେ ସଂଜ୍ଞାନାନା ଉପାସତେ ।।
ସମାନୋ ମନ୍ତ୍ରଃ ସମିତିଃ ସମାନୀ ସମାନମ୍ ମନଃ ସହ ଚିତ୍ତମେଷାମ୍ ।
ସମାନଂ ମନ୍ତ୍ରମଭି ମନ୍ତ୍ରୟେ ବଃ ସମାନେନ ବୋ ହବିଷା ଜୁହୋମି ।।
ସମାନୀ ବ ଆକୂତିଃ ସମାନା ହୃଦୟାନି ବଃ ।
ସମାନମସ୍ତୁ ବୋ ମନୋ ଯଥା ବଃ ସୁସହାସତି ...
ଋଗ୍ ବେଦ ୧୦/୧୯୧-୨-୪

ପର୍ଯ୍ୟବେକ୍ଷକ ସମ୍ପାଦକୀୟ

**ଭୁବନେଶ୍ୱର, ୨୦୨୪, ଜୁନ୍ ୧୨**

# ବିଶ୍ୱ ଶିଶୁ ଶ୍ରମ ନିରୋଧ ଦିବସ

ବିଶ୍ୱ ଶିଶୁ ଶ୍ରମ ନିରୋଧ ଦିବସ ପ୍ରତିବର୍ଷ ୧୨ ଜୁନ୍‌ରେ ପାଳିତ ହୋଇଥାଏ । ବିଶ୍ୱରେ ଶିଶୁ ଶ୍ରମକୁ ସମ୍ପୂର୍ଣ୍ଣ ନିରୋଧ କରିବା ଏହି ଦିବସ ପାଳନର ଅଭିପ୍ରାୟ । ଅନ୍ତରାଷ୍ଟ୍ରୀୟ ଶ୍ରମିକ ସଂଗଠନ ଦ୍ୱାରା ସର୍ବପ୍ରଥମେ ୨୦୦୨ରେ ଏହି ଦିବସ ପାଳନ କରାଯାଇଥିଲା । ସେବେଠୁ ପ୍ରତିବର୍ଷ ଏହା ପାଳିତ ହୋଇଆସୁଛି । ସମାଜରେ ସବୁଠୁ ବଡ଼ ଅପରାଧ ହେଉଛି ଶିଶୁଙ୍କୁ ଶ୍ରମିକ ଭାବେ ଖଟାଇବା । ଏହା ଦେଶ ପାଇଁ ଏକ ଅଭିଶାପ । ଅନ୍ତରାଷ୍ଟ୍ରୀୟ ଶ୍ରମ ସଂଗଠନ ଅନୁସାରେ, ବିଶ୍ୱରେ ୨୧୫ ମିଲିୟନ୍ ଶିଶୁ ଶ୍ରମିକ ଭାବେ କାମ କରୁଛନ୍ତି । ଏଥିରୁ ୧୫୮ ମିଲିୟନ୍ ଶିଶୁଙ୍କ ବୟସ ୫-୧୪ ବର୍ଷ । ବର୍ତ୍ତମାନ ଲକ୍ଷ ଲକ୍ଷ ଶିଶୁଙ୍କୁ ବେଆଇନ ଭାବେ ସ୍ଥାନାନ୍ତର କରାଯାଉଛି । ଅର୍ଥ ଲୋଭରେ ସେମାନଙ୍କୁ ବିକ୍ରି କରାଯାଇ ନର୍କ ଯନ୍ତ୍ରଣା ଭୋଗିବାକୁ ଛାଡ଼ି ଦିଆଯାଉଛି । ଶିଶୁ ଶ୍ରମିକ ରୋକିବାକୁ ସରକାର ଅନେକ ଆଇନ ତିଆରି କରିଛନ୍ତି । ହେଲେ ଏ ସବୁ କେବଳ କାଗଜ କଲମରେ ସୀମିତ ଥିବା କୁହାଯାଉଛି । ଏବେ ବି ଅନେକ ସ୍ଥାନରେ ପଢ଼ା ବହି ଧରିବା ହାତରେ ଅଇଁଠା ବାସନ କିମ୍ବା ମାଟି ଗାଣ୍ଡୁଆ ଧରିଥିବା ଶିଶୁଙ୍କୁ ଦେଖିବାକୁ ମିଳୁଛି । ଏହାକୁ ସମ୍ପୂର୍ଣ୍ଣ ଭାବେ ବିନାଶ କରିବାକୁ ବିଶ୍ୱ ଶିଶୁ ଶ୍ରମ ନିରୋଧ ଦିବସରେ ସାମାଜିକ ସଂଗଠନ



ଡ଼ଃ.ଅରୁନ୍ଧତୀ ଦେବୀ

ଓ ସରକାର ବିଭିନ୍ନ କାର୍ଯ୍ୟକ୍ରମର ଆୟୋଜନ କରିଥାନ୍ତି । ସଂପ୍ରତି ବିଶ୍ୱ ସମୁଦାୟ ଆଗରେ ଶିଶୁଶ୍ରମ ଏକ ଉତ୍କଟ ବ୍ୟାଧିରେ ପରିଣତ ହୋଇଛି କହିଲେ ଅତ୍ୟୁକ୍ତି ହେବନାହିଁ। କୁହାଯାଏ ଆଜିର ଶିଶୁ ଆସନ୍ତାକାଲିର ଭବିଷ୍ୟତ। ଶିଶୁମାନଙ୍କ ପ୍ରତି ଆମ ସମସ୍ତଙ୍କ ଭିତରେ ଶ୍ରଦ୍ଧା ଓ ଭଲ ପାଇବା ବଢ଼ିଲେ ଏହି ଦିବସର ତାତ୍ପର୍ଯ୍ୟ ବଢ଼ିପାରିବ।

*ନିର୍ଦ୍ଦେଶିକା-ସମ୍ପାଦିକା, ଆନ୍ତର୍ଜାତିକ ଅଶୋଭନୀୟତା ନିରୋଧ ଆନ୍ଦୋଳନ, କଟକ*

# କଟକି ରଜ

ରଜ ଓଡ଼ିଆ ଜନଜୀବନର ବାର୍ତ୍ତାବହ ପାର୍ବଣ। ଦଶହରା ପରେ ସହର ସଂସ୍କୃତିରେ ବିଶେଷକରି କଟକରେ ରଜର ସ୍ଥାନ ନିଆରା। କେବଳ ଗ୍ରାମାଞ୍ଚଳ ନୁହେଁ କଟକ ପରି ସର୍ବବୃହତ୍ତ ସହରରେ ରଜ ନିଜର ସ୍ୱତନ୍ତ୍ରତା ବଜାୟ ରଖିଥାଏ । ରଜ ପୋଡ଼ପିଠା ଠାରୁ ପାନ, ଦୋଳି ଖେଳ ଠାରୁ ପୁଚି ଖେଳ, ଫିଲ୍ମ ଦେଖା ଠାରୁ ବନ୍ଧୁଙ୍କ ସହ ଗମାତ ଆଉ ଖାଶି ମାଂସର ତୁଣ ଭିତରେ ରଜ ନିଜର ସ୍ୱତନ୍ତ୍ରତା ବଜାୟ ରଖିଛି । ପୋଡପିଠାର ବାସ୍ନା ସହର ସାରା ବାସର ସୁରଭି ମେଲାଇ ଥିବାବେଳେ ସହର ଭିତରେ ଅନେକ ପୋଖରୀ ଗାଡ଼ିଆ ଭିତରେ ମାଛ ଧରା ହୋଇ ଘରେ ଘରେ ରନ୍ଧା ହେଉଥିଲା । ସେତେବେଳେ କଟକ ସହର ନଥିଲା ଥିଲା ଏକା ଗାଁ । ମହାନଦୀର ଫ୍ୟାରେଦ ରୋଡ଼ରେ ଝିଅ ଝିଆଣୀମାନେ ଆସୁଥିଲେ ରଜ ବୁଲିବାକୁ । ସେତେବେଳେ କଉ ଫିଲ୍ମ ହଲ ଥିଲା ନା କଉ କେବୁଲ ଟିଭିରେ ଫିଲ୍ମ ଦେଖା । ନାଟକ ଦେଖା ଭିତରେ ଖୋଜା ପଡୁଥିଲା ଯାତ୍ରା ସୁଆଙ୍ଗ, ରାମଲୀଳା ଠାରୁ ଚମ୍ପୂର ଗାଆଣ ବଜାଣ । ହେଲେ ସେ ସବୁ ବର୍ତ୍ତମାନ ଇତିହାସର କାହାଣୀ । ବର୍ତ୍ତମାନର ରଜକୁ ଦେଖିଲେ ଆଶ୍ଚର୍ଯ୍ୟ ଲାଗୁଛି । ସହର ସାରା ପ୍ରକାଣ୍ଡକାୟ ସପିଂ ମଲ୍‌ର ଡ୍ରେସ୍ ସୋରୁମ୍ ଭିତରେ ହଜିଯାଉଛି ରଜ ସମୟର ସେଦିନର କାସ୍ଥାଲୁଗା, ତନ୍ତୁବୁଣା ଶାଢ଼ୀ ନହେଲେ କଳିକତି ଗାମୁଛା । ସତରେ କୁଆଡ଼େ ଗଲା ସେଦିନର ରଜ ? ସହର ସାରା ଭର୍ତ୍ତି ହୋଇଥିଲା ନାଲି ଗୋଡ଼ିରାସ୍ତା । ସଞ୍ଜ ହେଲେ ରାସ୍ତା କଡ଼ର ଖୁଣ୍ଟରେ ଲଗାଯାଉଥିଲା କିରୋସିନି ତେଲ ଭର୍ତ୍ତିର ଲଣ୍ଠନ ପରି ଆଲୁଅ ବତୀ । ବର୍ତ୍ତମାନ ତ ସବୁଠି ହାଇମାକ୍ସ ଲାଇଟ । ତଥାପି ବନ୍ଧୁବାନ୍ଧବଙ୍କ ସଙ୍ଖୁଳିବାର ଦିବସ ରଜ ନିଜର ପରିଚୟକୁ ହରାଇନାହିଁ । ବନ୍ଧୁବାନ୍ଧବ ଖୋଜା ପଡୁଥିଲେ ଏହି ଦିନରେ । ଆସୁଥିଲେ ବାଡ଼ିବଗିଚାର ଫଳଫୁଲୁରୀ ସହ ନିଜ ଅଞ୍ଚଳର ନାମଜାଦା ଜିନିଷ ନେଇ ବନ୍ଧୁଘରକୁ । ହେଲେ ବର୍ତ୍ତମାନ ମିଠା ଦରବ ଭିତରେ ଏଟିଏମ୍‌ରୁ ଟଙ୍କା ଉଠା ହୋଇ କ୍ଷଣିକ ଭିତରେ ରଜର ବେଭାର ଭର୍ତ୍ତି ହୋଇଯାଉଛି । ସେତେବେଳେ କଉ ଛିଡ଼ା ହୋଇଥିଲା ବାଦାମବାଡ଼ି ବସ୍‌ଷ୍ଟାଣ୍ଡ ? କ୍ୱଚିତ୍ ବସ ମୁଣ୍ଡ ଟେକି ଯାଉଥିଲେ ଚାନ୍ଦିନୀଚୌକ ଛକକୁ । ଖାଲି ପାଦରେ ଚାଲି ଚାଲି ଯିବାକୁ ପଡୁଥିଲା ଢ଼େର ବାଟ । ତେବେ କଟକ ସହରରେ ଅନେକ ସ୍ଥାନରେ ପ୍ରକାଣ୍ଡକାୟ ବରଓହଳ ଭିତରେ ତିଆରି ହେଉଥିଲା ରଜ ଦୋଳି । ଝିଅଝିଆଣୀମାନେ ସେଇଠି ହିଁ ସାରି ଦେଉଥିଲେ ଗୋଟିଏ ଦିନ । ମଜାମଜିଲିସ୍ ଭିତରେ ଖୋଜା ପଡୁଥିବା ରଜ ବର୍ତ୍ତମାନକୁ ଦେଖିଲେ ମନେପଡୁଛି ଢ଼େର କଥା । ମହାନଦୀ ଓ କାଠଯୋଡ଼ିରେ ଏହାଭିତରେ ବିତିଗଲାଣି ଅନେକ ଦିନ । ଦୁଇଟି ନଈର ସୁଅରେ ବୋହିଗଲାଣି ଅନେକ ପାଣି ତଥାପି ଖୋଜା ପୁଡୁଛି ସେଦିନର ସମୟକୁ । ରଜରେ ଖାଣ୍ଟି କଟକିଆଣୀ ହାତରେ ତିଆରି କରୁଥିଲା ପୋଡପିଠା, କାକରା, ବିଭିନ୍ନ ପିଠାପଣା ସହ ରଜର ଖାନ୍‌ଦାନୀ ଶାଗୁଆଁତିର ଝୋଳ । ସପରିବାର ସହ ମଜା କାଟିବା ଭିତରେ ଝିଅଝିଆଣୀଙ୍କ ଗହଳ ଖୁସିର ମାହଲକୁ ବଢ଼ାଇ ଦେଉଥିଲା । ହେଲେ ସତରେ କୁଆଡ଼େ ଗଲା ସେ ଦିନ ଗୁଡ଼ା ? କଟକର ଦୁଇ ପଟରେ ଥିବା ମସ୍ତବଡ଼ ପଡ଼ିଆରେ କଟକିଆ ଯୁଆନ ଭେଣ୍ଡା ଟୋକାମାନେ ବାଗୁଡ଼ି ଖେଳରେ ତିନିଦିନ ନିଜକୁ ହଜାଇ ଦେଉଥିଲେ ।



**ଡାକ୍ତର ସମ୍ରାଟ କର**

ବର୍ତ୍ତମାନ ବାଗୁଡ଼ି ଖେଳ କଥା କହିଲେ ସମସ୍ତେ ଥରେ ଚିନ୍ତା କରିବେ ସତରେ ଏ ଜିନିଷଟି କ'ଣ ? ତଥାପି ରଜ ନିଜର ଗୌରବ ହରାଇନାହିଁ । କଟକି ସଂସ୍କୃତିରେ ଭାଇଚାରାର ସହର ଭିତରେ ହଜାରେ ବର୍ଷର ପରମ୍ପରାକୁ ନେଇ ଗଢ଼ି ଉଠିଥିବା ରଜ ପାର୍ବଣ ଦଶହରା ଓ ବାଲିଯାତ୍ରା ପରେ ଅନ୍ୟତମ ମହାପାର୍ବଣ ରୂପରେ ନିଜର ସ୍ଥାନ ସ୍ୱତନ୍ତ୍ର ଭାବରେ ଗଢ଼ି ତୋଳିଛି । ରଜକୁ ନେଇ କଟକିଆଣୀ ଦେଖିଥିବା ସ୍ୱପ୍ନକୁ ସାକାର କରିଥାଏ ତା ମରଦ ମଣିଷଟି । ଘରର ସବୁକିଛି ଖୋଜିଆଣି କିଣି ଦେଇ ଘରଣୀର ମନ ନେଇ ମଜା ମଜିଲିସ୍ ଭିତରେ ରଜ ପର୍ବକୁ କିପରି କାଟି ଦିଅନ୍ତି ଯେ କାହାକୁ ସତରେ ଜଣାପଡ଼େ ନାହିଁ । କଟକରେ ରଜ ସହର ନୁହେଁ ବରଂ ଗ୍ରାମ୍ୟ ସଂସ୍କୃତିର ଛାପ ଦେଖିବାକୁ ମିଳିଥାଏ । ସଂସ୍କୃତି ଓ ପରମ୍ପରା ଭିତରେ ମାଆ ଗଡ଼ଚଣ୍ଡୀ, କଟକଚଣ୍ଡୀ, କାଳିଗଳି କାଳୀ ଓ ଗଡେଶ୍ୱର ମହାଦେବଙ୍କୁ ନେଇ ପୂଜା ନୈବେଦ୍ୟ ଅର୍ପଣ କରିବାକୁ ରଜରେ କେହିବି ଭୁଲି ନଥାନ୍ତି । କର୍ମକ୍ଳାନ୍ତ ଜୀବନ ଭିତରେ ବିଶ୍ରାମର ଅବକାଶ ସୃଷ୍ଟି କରିଥାଏ ରଜ । ପ୍ରାଚୀନ ସଂସ୍କୃତିର ଗୌରବ ଗାଥାକୁ ବଜାୟ ରଖି ସ୍ୱତନ୍ତ୍ର ଭାବରେ ବନ୍ଧୁମେଳନର ଓ ମିତଣୀଙ୍କୁ ଭେଟ କରିବାର ଅପୂର୍ବ ସୁଯୋଗ ସୃଷ୍ଟି କରିଥାଏ ଏହି ରଜ । ବର୍ତ୍ତମାନର ଚାକଚକ୍ୟଭରା ସଂସ୍କୃତି ଓ ସୂଚନା ପ୍ରଯୁକ୍ତିର କୌଶଳ ଭିତ୍ତରେ ରଜ କିନ୍ତୁ ନିଜର ସ୍ୱତନ୍ତ୍ରତା ହରାଇ ନାହିଁ । ତଥାପି ଖୋଜୁଛି ସେଦିନର ବନ୍ଧୁମାନଙ୍କୁ ସେ ସମୟର ଉଜାଣୀ ସୁଅରେ ହଜି ଯାଇଥିବା ମୁହୂର୍ତ୍ତକୁ । ତଥାପି ଭାଇଚାରାର ସହର କଟକରେ ହଜି ନାହିଁ ରଜର ମଉଜ । ପୁଚିଖେଳ, ବାଗୁଡ଼ିର ଗୁରୁ ଗର୍ଜନ ଭିତରେ ଫିଲ୍ମ ହଲର ଡାଇଲକ୍ ଓ ସିଡ଼ି କ୍ୟାସେଟ୍‌ର ଅତ୍ୟାଧୁନିକ ମ୍ୟୁଜିକ୍ ଭିତରେ ମନଭିତରକୁ ଚାଲି ଆସୁଛି ସେ ସମୟର ସାଂସ୍କୃତିକ ମୁହୂର୍ତ୍ତ । ମୋ ବାପା ପ୍ରଫେସର ଡାକ୍ତର ଗୋପାଳ ଚନ୍ଦ୍ର କର ଯେ କି ସମଗ୍ର ଭାରତର ଜଣେ ସୁନାମଧନ୍ୟ ମାନସିକ ରୋଗ ଚିକିତ୍ସକ ତଥା ମନସ୍ତତ୍ତ୍ୱବିଦ୍ୟାର କୃତୀତ୍ୱ ବିଦ୍ୱାନବିମଣ୍ଡିତ ପ୍ରତିଭା ମା' ଡକ୍ଟର ଗାୟତ୍ରୀ ଦେବୀ ଜଣେ ପ୍ରଥିତ ଯଥା ସମାଜସେବିକା, ଲେଖିକା ଓ ଆଇନବିତ୍, ସେହିମାନଙ୍କ ଅଭୁଲା ସ୍ନେହ ଓ ମୋ କୁନି ଜୀବନକୁ ଚହଲାଇ ଦେଇଥିବା ଜୀବନ ସ୍ମୃତିର ମାର୍ଗପୁରୋଧାଙ୍କ ସ୍ନେହ ଏହି ରଜରେ ମୁଁ ଅନୁଭବ କରିଥାଏ। ମହାପାର୍ବଣର ସ୍ୱାକ୍ଷର ବହନ କରିଥିବା ରଜ ନିଜର ସ୍ଥାନ ସ୍ୱତନ୍ତ୍ର ଭାବରେ ବଜାୟ ରଖିଥିବାବେଳେ ତଥାପି ସେ ଦିନର ସମୟ ଓ ବନ୍ଧୁବର୍ଗଙ୍କ ଭିତରେ ମନେ ପଡ଼ିଯାଉଛି ଅନେକ ସ୍ମୃତି । କାଳର କରାଳ ଗର୍ଭରେ ଇତିହାସ ପାଲଟିଯାଇଥିବା ରଜ ମହାପାର୍ବଣ ଭାବରେ କଟକିଆଙ୍କ ପାଖରେ ନିଜ ସ୍ଥାନ ସ୍ୱତନ୍ତ୍ର ଭାବରେ ବଜାୟ ରଖିଛି । ଏହାକୁ କେହି ବି ଭୁଲିପାରିବେ ନାହିଁ ।

*ମାନସିକ ରୋଗ ବିଶେଷଜ୍ଞ, ଦି'ବ୍ରେନ, ପୁରୀଘାଟ ରୋଡ଼, କଟକ, ଦୂରଭାଷ : ୯୧୩୨୪୩୩୩୩୩*

# ଇତିହାସ ରଚିଲେ ମୋଦୀ

ରବିବାର ସନ୍ଧ୍ୟା ୭ଟା ୧୫ମିନିଟ୍ ଜାତୀୟ ସଙ୍ଗୀତଗାନ ପରେ ଆରମ୍ଭ ହୋଇଥିଲା ଶପଥପାଠ ପର୍ବ । ଶପଥ ନେଇଥିଲେ ନରେନ୍ଦ୍ର ମୋଦୀ । ରାଷ୍ଟ୍ରପତି ଭବନରେ ଅନୁଷ୍ଠିତ ଉତ୍ସବରେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ମୋଦୀଙ୍କୁ ପ୍ରଧାନମନ୍ତ୍ରୀ ଭାବେ ପଦ ଓ ଗୋପନୀୟତାର ଶପଥ ପାଠ କରାଇଛନ୍ତି । ମୁଁ ନରେନ୍ଦ୍ର ଦାମୋଦର ଦାସ ମୋଦୀ, ଈଶ୍ୱରଙ୍କ ନାମରେ ଶପଥ ନେଉଛି ଯେ, ମୁଁ ବିଧି ଦ୍ୱାରା ସ୍ଥାପିତ ଭାରତର ସମ୍ବିଧାନ ପ୍ରତି ସତ୍ୟ, ଶ୍ରଦ୍ଧା ଓ ନିଷ୍ଠା ରଖିବି । ମୁଁ ଭାରତର ସାର୍ବଭୌମତ୍ୱ ଓ ଅଖଣ୍ଡତା ଅକ୍ଷୁର୍ଣ୍ଣ ରଖିବି । ମୁଁ ସଂଘର ପ୍ରଧାନମନ୍ତ୍ରୀ ହିସାବରେ ନିଜର କ□ବ୍ୟକୁ ଶ୍ରଦ୍ଧାପୂର୍ବକ ଓ ନିଷ୍ଠାର ସହ ନିର୍ବାହ କରିବି । ତଥା ମୁଁ ଭୟ କିମ୍ବା ପକ୍ଷପାତିତା ଅନୁରାଗ କିମ୍ବା ଦ୍ୱେଷ ବିନା ସବୁ ପ୍ରକାରର ଲୋକଙ୍କ ପ୍ରତି ସମ୍ବିଧାନ ଓ ବିଧି ଅନୁସାରେ ନ୍ୟାୟ ପ୍ରଦାନ କରିବି । ଏବେ ଆରମ୍ଭ ହୋଇଛି ମୋଦୀ ରାଜ୍ ୩.୦ । ନରେନ୍ଦ୍ର ମୋଦୀଙ୍କ ନେତୃତ୍ୱରେ ତୃତୀୟ ଥର ପାଇଁ କେନ୍ଦ୍ରରେ ଏନଡିଏ ସରକାର ଗଠିତ ହୋଇଛି । ଏହି ଦାୟିତ୍ୱ ଗ୍ରହଣ କରିବା ସହିତ ନରେନ୍ଦ୍ର ମୋଦୀ କ୍ରମାଗତ ତୃତୀୟ ଥର ପାଇଁ ପ୍ରଧାନମନ୍ତ୍ରୀ ହେବା ସହିତ ଦେଶର ପ୍ରଥମ ପ୍ରଧାନମନ୍ତ୍ରୀ ପଣ୍ଡିତ ଜବାହରଲାଲ ନେହେର ଙ୍କ ରେକର୍ଡ ସମକକ୍ଷ ହୋଇଛନ୍ତି । ୧୯୬୨ ପରଠାରୁ କୌଣସି ନେତା କ୍ରମାଗତ ତୃତୀୟ ଥର ପ୍ରଧାନମନ୍ତ୍ରୀ ହେବାରେ ମୋଦୀ ପ୍ରଥମ ବ୍ୟକ୍ତି ଏଥି ସହିତ ବିରଳ ରେକର୍ଡର ଅଧିକାରୀ ହୋଇଛନ୍ତି ସେ ସୂଚନା ଯୋଗ୍ୟଯେ ନେହେରୁ ୧୯୫୨, ୧୯୫୭ ଓ ୧୯୬୨ ଲୋକସଭା ନିର୍ବାଚନରେ ବିଜୟ ଲାଭ କରି ପ୍ରଧାନମନ୍ତ୍ରୀ ହୋଇଥିଲେ । ଏବେ ମୋଦୀ ୨୦୧୪, ୨୦୧୯ ଓ ୨୦୨୪ ଲୋକସଭା ନିର୍ବାଚନରେ ଲଗାତାର ବିଜୟ ଲାଭକରି ପ୍ରଧାନମନ୍ତ୍ରୀ ହୋଇଛନ୍ତି ।

ମୋଦୀଙ୍କ ସହିତ ମୋଟ ୭୨ ଜଣ ମନ୍ତ୍ରୀଙ୍କୁ ରାଷ୍ଟ୍ରପତି ଶପଥ ପାଠ କରାଇଛନ୍ତି । ପ୍ରଧାନମନ୍ତ୍ରୀଙ୍କ ବ୍ୟତୀତ ୩୦ ଜଣ କ୍ୟାବିନେଟମନ୍ତ୍ରୀ, ୫ଜଣ ସ୍ୱାଧୀନ ରାଷ୍ଟ୍ରମନ୍ତ୍ରୀ ଓ ୩୬ଜଣ ରାଷ୍ଟ୍ରମନ୍ତ୍ରୀ ଶପଥ ଗ୍ରହଣ କରିଛନ୍ତି । ମୋଦୀଙ୍କ ସହିତ ଶପଥ ଗ୍ରହଣ କରିଥିବା ଅନ୍ୟ ପ୍ରମୁଖ ମନ୍ତ୍ରୀଙ୍କ ମଧ୍ୟରେ ଅଛନ୍ତି ରାଜନାଥ ସିଂହ, ଅମିତ୍ ଶା, ନୀତୀନୀ ଗଡକରୀ, ଜେପି ନଡ୍ଡା, ଶିବରାଜ ସିଂ ଚୌହ୍ୱାନ, ନିର୍ମଳା ସୀତାରମଣ, ଏସ୍ ଜୟଶଙ୍କର ମନୋହରଲାଲ ଖଟ୍ଟର, ପୂୟୁଷ ଗୋଏଲ ଓ ଏଚ୍.ଡି କୁମାର ସ୍ୱାମୀ ପ୍ରମୁଖ ମୋଦୀଙ୍କ ପୂର୍ବ ମନ୍ତ୍ରୀମଣ୍ଡଳର ୨୦ଜଣ ସଦସ୍ୟ ଏଥର ବାଦ୍ ପଡିଥିବା ବେଳେ ୩୩ ନୂଆ ମୁହଁ ସ୍ଥାନ ପାଇଛନ୍ତି । ଏନଡିଏ ସଦସ୍ୟ ସହଯୋଗୀ ଦଳରୁ ୧୧ଜଣଙ୍କୁ ମନ୍ତ୍ରୀ ପଦ ମିଳିଛି । ସେହିପରି ମୋଦୀଙ୍କ ତୃତୀୟ ପାଳି ମନ୍ତ୍ରୀମଣ୍ଡଳରେ ୩ଜଣ ଜୁଏଲ ଓରାମ, ଧର୍ମେନ୍ଦ୍ର ପ୍ରଧାନ ଓ ଅଶ୍ୱିନୀ ବୈଷ୍ଣବ ସ୍ଥାନ ପାଇଛନ୍ତି ସମସ୍ତଙ୍କୁ କ୍ୟାବିନେଟ୍ ପାହ୍ୟା ମିଳିଛି । ଏହି ଶପଥ ଗ୍ରହଣ ଉତ୍ସବ ପ୍ରାୟ ଅଢେଇଘ□। ଧରି ଜାରି ରହିଥିଲା । ଉତ୍ସବରେ ଅନେକ ବିଦେଶୀ ନେତାଙ୍କ ସହିତ ପ୍ରାୟ ୮ହଜାର ମାନ୍ୟଗଣ୍ୟ ବ୍ୟକ୍ତି ଉପସ୍ଥିତ ଥିଲେ । ଅନ୍ୟମାନଙ୍କ ମଧ୍ୟରେ ଉପରାଷ୍ଟ୍ରପତି ଜଗଦୀପ ଧନକଡ, କଂଗ୍ରେସ ସଭାପତି ମଲ୍ଲିକାର୍ଜୁନ ଖଡଗେ, ପ୍ରତିଷ୍ଠିତ ଶିଳ୍ପପତି ମୁକେଶ ଅମ୍ୱାନୀ, ଗୌ□ମ ଆଦାନୀ, ବଲିଉଡ୍ ଅଭିନେତା ଶାହାରୁଖ ଖାଁ ଓ ଅକ୍ଷୟ କୁମାରଙ୍କ ସମେତ ବିଭିନ୍ନ ବର୍ଗର ବିଶିଷ୍ଟ ବ୍ୟକ୍ତିମାନେ ଉପସ୍ଥିତ ଥିଲେ । ମୋଦୀ ସରକାରଙ୍କ ତୃତୀୟ ପାଳି ଆରମ୍ଭ



**ହିମାଂଶୁ ଶେଖର ଆଚାର୍ଯ୍ୟ**

ହୋଇଥିବା ବେଳେ ବିଜେପିର ୨୦ଜଣ ବଡ ନେତା ନିରାଶ ହୋଇଛନ୍ତି । ପୂର୍ବ ସରକାରରେ ସେମାନେ ଗୁରୁତ୍ୱପୂର୍ଣ୍ଣ ଦାୟିତ୍ୱରେ ସେମାନେ ଥିଲେ । ଏଥରକ ସେମାନଙ୍କୁ ମନ୍ତ୍ରୀପଦ ମିଳିନାହିଁ । ସେହିପରି ଅଜୟ ଭଟ୍ଟ, ରାଜୀବ ଚନ୍ଦ୍ରଶେଖର, ମୀନାକ୍ଷୀ ଲେଖି, ଜେନେରାଲ ଭିକେ ସିଂ, ଅର୍ଜୁନ ମୁଣ୍ଡା, ଅଶ୍ୱିନୀ ଚୌବେ, ରାଓ ସାହେବ ଦାନବେ ଓ ଅହୁରୀ ଅନେକ ନୂଆ ମନ୍ତ୍ରୀ ମଣ୍ଡଳରୁ ବାଦ୍ ପଡିଛନ୍ତି । ଏମାନଙ୍କ ମଧ୍ୟରୁ ଅଧିକାଂଶ ନିର୍ବାଚନରେ ପରାସ୍ତ ହୋଇଥିବା ବେଳେ କିଛି ନେତା ନିର୍ବାଚନ ଲଢିନଥିଲେ । ଅନ୍ୟଏକ ଘଟଣା କ୍ରମରେ କ୍ୟାବିନେଟ୍ ମନ୍ତ୍ରୀପଦ ନମିଳିବାରୁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ମନ୍ତ୍ରୀ ମଣ୍ଡଳରେ ସାମିଲ ହୋଇନି ଏନସିପି ଅଜିତ୍ ପାୱାରଙ୍କ ଗୋଷ୍ଠୀ, ଅନ୍ୟପଟରେ ଦଳର ନେତା ଅଜିତ୍ ପାୱାର କହିଛନ୍ତି ମନ୍ତ୍ରୀମଣ୍ଡଳ ଯେବେ ସଂପ୍ରସାରଣ ହେବ ସେତେବେଳେ ଏନସିପି ସମ୍ପର୍କରେ ବିଚାର କରାଯିବ ବୋଲି ମୁଁ ନିଶ୍ଚିତ ଅଛି । ଏଥିରୁ ଜଣାପଡୁଛି ଯେ ଆଗାମୀ ଦିନରେ ଏନଡିଏର ସହଯୋଗୀ ଦଳ ପକ୍ଷରୁ କିଛି ଚାପ ରହିବ ।

ଏକ ଉଲ୍ଲେଖନୀୟ ଘଟଣା କ୍ରମରେ କେନ୍ଦ୍ରମନ୍ତ୍ରୀ ମଣ୍ଡଳ ଶପଥ ଗ୍ରହଣ ପୂର୍ବରୁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ରବିବାର ଅପରାହ୍ନରେ ମନ୍ତ୍ରୀପରିଷଦର ସଦସ୍ୟଙ୍କୁ ଚାପାନରେ ଆପ୍ୟାୟିତ କରିଥିଲେ । ଏହି ଅବସରରେ ମୋଦୀ ଆଗାମୀ ନୂଆ ସରକାର ଚଳାଇବା ଲାଗି ମନ୍ତ୍ରୀପରିଷଦକୁ ଗୁରୁମନ୍ତ୍ର ଦେଇଥିଲେ ସେ ସହଯୋଗୀ ମନ୍ତ୍ରୀମାନଙ୍କୁ ସୁଶାସନ ଉପରେ ଗୁରୁତ୍ୱ ଦେବାକୁ କହିଥିଲେ । ଏହା ସହିତ କାର୍ଯ୍ୟକାରୀ ହୋଇଥିବା ବିଭିନ୍ନ ପ୍ରକଳ୍ପ ସହିତ ନୂଆ ନୂଆ ପ୍ରକଳ୍ପର କାମକୁ ଠିକ୍ ସମୟରେ ଶେଷ କରିବାକୁ ପରାମର୍ଶ ଦେଇଛନ୍ତି । ୨୦୧୪ରେ ନୂଆ ସରକାର ଗଠନ ପୂର୍ବରୁ ମୋଦୀ ଏପରି ପରମ୍ପରା ସୃଷ୍ଟି କରିଆସିଛନ୍ତି । ଶପଥଗ୍ରହଣ ପୂର୍ବରୁ ମୋଦୀ ମହାତ୍ମାଗାନ୍ଧୀଙ୍କ ସମାଧୀସ୍ଥଳ ରାଜଘାଟ, ପୂର୍ବତନ ପ୍ରଧାନମନ୍ତ୍ରୀ ଅଟଳ ବିହାରୀଙ୍କ ସମାଧିସ୍ଥଳ ସଦୈବ ଅଟଳ ଓ ଜାତୀୟ ଯୁଦ୍ଧ ସ୍ମାରକୀରେ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ । ସେ ପୁଣି କହିଛନ୍ତି ଯେ କୂଟନୀତିରେ ସଶକ୍ତ ହେବ ଭାରତ । ସେ ପୁଣି କହିଥିଲେ ରୁଷ୍ ସହିତ ଆମର ସମ୍ପର୍କ ଭଲ ରହିଛି ଓ ଆଗକୁ ଆହୁରି ସଶକ୍ତ ହେବ । ସେହିପରି ଆମେରିକା, ଚୀନ, ପାକିସ୍ତାନ ଓ ଅନ୍ୟାନ୍ୟ ପଡୋଶୀ ରାଷ୍ଟ୍ର ସହିତ ଆମର ସମ୍ପର୍କକୁ ଆଗେଇ ନେବାକୁ ହେବ । ଏଥିପାଇଁ କୂଟନୈତିକ ପ୍ରୟାସର ଆବଶ୍ୟକତା ଅଛି ।

ଭାରତରେ ପୁଣି ମୋ□ ସରକାରର ଯୁଗ ଆରମ୍ଭ ହୋଇଛି । ୨୦୧୪ ଓ ୨୦୧୯ରେ ଏପରି ଘଟଣା ଘଟିନଥିଲା । ମୋଦୀଙ୍କ ୪୦୦ପାର୍ ନାରା ସଫଳ ହୋଇନି । ଏପରିକି ଏକାକୀ ସରକାର ଗଢିବା ପାଇଁ ବିଜେପି ପାଖରେ ଏକକ ସଂଖ୍ୟା ଗରିଷ୍ଠତା ନାହିଁ । ଏଥର ବିଜେପି ୨୪୦ଟି ଆସନ ଲାଭ କରିଛି । ଏବେ ସରକାର ଗଠନ ହୋଇଥିଲେ ମଧ୍ୟ ସରକାରର ସ୍ଥାୟିତ୍ୱ ପାଇଁ ବିଜେପିକୁ ଜେଡୁୟୁ ଓ ଟିଡିପିର ସହଯୋଗ ଉପରେ ନିର୍ଭର କରେ । ଏକଥା ମୋଦୀ ଭଲଭାବେ ଜାଣନ୍ତି । ରାଜନୀତିରେ ପଟପରିବ□ନ ଆଜିର ସମୟରେ କିଛି ନୂଆ କଥା ନୁହେଁ । ଏହି ଅବସରରେ ଆମ ରାଜ୍ୟକଥା ବିଚାରକୁ ନେଲେ ନିର୍ବାଚନୀ ଘୋଷଣା ଅନୁସାରେ ୧୦ ତାରିଖରେ ଓଡିଶାରେ ନୂଆ ସରକାର କିନ୍ତୁ ଶନିବାର ରାତିରେ ଏହି ନିଷ୍ପ□ରେ ପରିବ□ନ ହୋଇଛି । ୧୨ ତାରିଖରେ ନୂତନ ସରକାର ଶପଥ ନେବ ବୋଲି ସ୍ଥିର ହୋଇଛି । ନିର୍ବାଚନ ଫଳାଫଳ ଘୋଷଣା ହେବାର ୭ଦିନ ବିତିଗଲାଣି । ଆଜି ବିଧାୟକଦଳ ବୈଠକରେ କେନ୍ଦ୍ରୀୟ ପର୍ଯ୍ୟବେକ୍ଷକଙ୍କ ଉପସ୍ଥିତିରେ ସର୍ବସମ୍ମତିକ୍ରମେ କିଏ ମୁଖ୍ୟମନ୍ତ୍ରୀ ହେବେ ସ୍ଥିର କରାଯିବ ଓ ୧୨ ତାରିଖରେ ଶପଥଗ୍ରହଣ କରାଯିବ । ଏହା ଏକ ଛୋଟିଆ ନଜିର । ତେଣୁ ମୋ□ଦଳକୁ ନେଇ ସୁରୁଖୁରୁରେ ସରକାର ଚଳାଇବା ପାଇଁ ପ୍ରଧାନମନ୍ତ୍ରୀ ମୋଦୀଙ୍କୁ ବହୁ କସରତ କରିବାକୁ ପଡିବ ।

ଆଗକୁ ରାସ୍ତା ବହୁଦୂର । ସମସ୍ୟା ବି ଅନେକ । ତଥାପି ଗିରିଶିଖେ ଲୟରଖି ଚାଲିବି ନ୍ୟାୟରେ ପ୍ରଧାନମନ୍ତ୍ରୀ ମୋଦୀ ତାଙ୍କ ମନ୍ତ୍ରୀମଣ୍ଡଳ ସହ ସହଯୋଗ ରକ୍ଷାକରି ସରକାର ଚଳାଇବାକୁ ପଡିବ । ମୋଦୀଙ୍କ ତୃତୀୟ ପାଳିର ସରକାର ଦୀର୍ଘ ହେଉ ଏହାହିଁ ଆମର ଆଶା ଓ ବିଶ୍ୱାସ ।

*ମୋ-୯୯୩୭୧୫୧୦୫୨*

# ଇଣ୍ଡିଆ ସମ୍ମୁଖରେ କ ବ୍ୟ

ଏଥିରେ ବୋଧହୁଏ କେହି ଅସହମତ ହେବେ ନାହିଁ ଯେ, ଦୀର୍ଘ ଏକ ଦଶନ୍ଧି ପରେ ୨୦୨୪ ନିର୍ବାଚନ ଫଳାଫଳ ତଥା ଅଷ୍ଟାଦଶ ଲୋକସଭା ବିଗତ ଷୋଡଶ ଏବଂ ସପ୍ତଦଶ ଲୋକସଭା ଠାରୁ ସମ୍ପୂର୍ଣ୍ଣ ଭିନ୍ନ। ଅଷ୍ଟାଦଶ ଲୋକସଭାରେ ବିରୋଧି 'ଇଣ୍ଡିଆ' ମେଂଟ ଶକ୍ତିଶାଳୀ ହେବା ସହ ଶାସକ ମେଂଟକୁ ଗଠନମୂଳକ ଆଭିମୁଖ୍ୟ ଗ୍ରହଣ କରିବାକୁ ବାଧ୍ୟ ହେବ, ଏଥିରେ ସନ୍ଦେହ ନାହିଁ। ଉଲ୍ଲେଖଯୋଗ୍ୟ ଯେ, ୫୪୩ ଜଣିଆ ସଦସ୍ୟ ବିଶିଷ୍ଟ ଲୋକସଭାରେ ବିରୋଧି ମେଂଟ ଇଣ୍ଡିଆର ୨୩୪ ଜଣ ସଦସ୍ୟ ଅଛନ୍ତି, ଯେଉଁମାନଙ୍କ ମଧ୍ୟରେ କେବଳ କଂଗ୍ରେସର ୯୯ଜଣ ସାଂସଦ ଅଛନ୍ତି। ଜଣେ ବିଦ୍ରୋହୀ ପ୍ରାର୍ଥୀ ବିଜୟୀ ହେବା ପରେ ପୁନର୍ବାର ଦଳରେ ସାମିଲ ହେବା ଯୋଗୁଁ ଦେଶର ସର୍ବ ପୁରାତନ ରାଜନୈତିକ ଦଳର ସଂଖ୍ୟା ତିନି ଅଙ୍କ ସ୍ପର୍ଶ କରିଛି। କହିବା ବାହୁଲ୍ୟ ଗତ ୨୦୧୪ ଓ ୨୦୧୯ ନିର୍ବାଚନରେ ବିଜେପି ନେତୃତ୍ୱାଧୀନ ଏନଡିଏ ମେଂଟର ଆଶାତୀତ ସଫଳତା ହାସଲ କରିଥିବାବେଳେ କେବଳ ବିରୋଧି ଦଳଗୁଡିକୁ ନୁହଁନ୍ତି, ଦେଶରେ ପାଂଚ ଦଶନ୍ଧି ଧରି କ୍ଷମତାରେ ଥିବା କଂଗ୍ରେସ ନିଜର ସତା ହରାଇଥିଲେ। କଂଗ୍ରେସର ସ୍ଥିତି ଏବେ ନିମ୍ନଗାମୀ ହୋଇଯାଇଥିଲା ଯେ, ବିରୋଧି ଦଳର ମାନ୍ୟତା ପାଇବାରୁ ବଂଚିତ ହୋଇଥିଲା। କିନ୍ତୁ ଏଥର ସ୍ଥିତି ବଦଳି ଯାଇଛି। କଂଗ୍ରେସ ଏକ ଦୃଢ ବିରୋଧିଦଳ ଭାବେ ଗୃହରେ ଉଭା ହୋଇଛି। ଯାହାର ପରିଣତି ସ୍ୱରୁପ ଏଥର ପାର୍ଲିଆମେଂଟର ଆଇନ ପ୍ରଣୟନ ଏବଂ ଆଲୋଚନା କ୍ଷେତ୍ରରେ ଅତ୍ୟନ୍ତ ଫଳପ୍ରଦ ହେବା ଆଶା ଉଜ୍ଜୀବତ କରିଛି ବୋଲି କୁହାଯାଇପାରେ। କେବଳ ଏତିକି ନୁହେଁ, ସାଧାରଣ ନିର୍ବାଚନ ପରିପ୍ରେକ୍ଷୀରେ ବିରୋଧି ଦଳଗୁଡିକ ଆପୋଷ ବୁଝାମଣା ଭିତିରେ ନିର୍ବାଚନ ଲଢି ଯେଭଳି ସଫଳତା ହାସଲ କରିବାରେ ସମର୍ଥ ହୋଇଛନ୍ତି, ମେଂଟକୁ କେବଳ ସଂସଦ ଭିତରେ ନୁହେଁ, ବାହାରେ ଏକ ସ୍ୱଷ୍ଟ ନୀତି, ଆଦର୍ଶରେ ମେଂଟ ରୂପାନ୍ତରୀତ ହେବା ପାଇଁ ସୁଯୋଗ ଆଣିଦେଇଛି। ଏହା ସତ୍ୟ ଯେ, ଦୀର୍ଘଦିନରୁ ଇଣ୍ଡିଆ ନାମରେ ମେଂଟ ଗଠନ ପାଇଁ ୨୬ଟି ବିରୋଧି ଦଳ ପ୍ରୟାସ ଜାରି ରଖିଥିବା ସତ୍ୱେ ଅହଙ୍କାର ଏବଂ ବୁଝାମଣା ଅଭାବରେ ଶେଷ ମୁହୁର୍ତରେ କେତେକ



**ସୌଭାଗ୍ୟ ରଂଜନ ମହାନ୍ତି(ରାଜା)**

ରାଜ୍ୟରେ କେବଳ ଆସନ ବୁଝାମଣା ଭିତିରେ କେତେକ ଅଂଶୀଦାର ଦଳ ନିର୍ବାଚନ ଲଢିଥିବାବେଳେ କେତେକ ରାଜ୍ୟରେ ପରସ୍ପର ବିରୁଦ୍ଧରେ ଲଢିଥିଲେ। ପଞ୍ଜାବ, ପଶ୍ଚିମବଙ୍ଗରେ ବିରୋଧରେ ଲଢିଥିବାବେଳେ ଏବେ ଅତି ଆଶ୍ଚର୍ଯ୍ୟଜନକ ଭାବେ ଇଣ୍ଡିଆ'ର ଛତ୍ରଛାୟା ତଳେ ଏକତ୍ରିତ ହୋଇଛନ୍ତି। ଅନ୍ୟପକ୍ଷରେ ଦେଶ ସ୍ୱାଧୀନତା ପରଠାରୁ ସାଧାରଣ ନିର୍ବାଚନରେ ସର୍ବଦା ତ୍ରୁଟିପୂର୍ଣ୍ଣ ଭୂମିକା ଗ୍ରହଣ କରି ଆସିଥିବା ଉତରପ୍ରଦେଶ, ମହାରାଷ୍ଟ୍ର ଏବଂ ରାଜସ୍ଥାନରେ ବିରୋଧି ଦଳଗୁଡିକ କମନ ନିର୍ବାଚନ ଇସ୍ତାହାର କିମ୍ବା ସାଧାରଣ ସର୍ବନିମ୍ନ କାର୍ଯ୍ୟକ୍ରମ ବିନା ଯେଁଭଳି ଆଶାତୀତ ସଫଳତା ମିଳିଛି, ତାହା ନିର୍ବାଚନ ପରବର୍ତୀ ଅବସ୍ଥାରେ ସେମାନଙ୍କୁ ଅଧିକ ନିକଟତର, ସକ୍ରୀୟ ଓ ଶକ୍ତ କରିଥିବା ମନେହୁଏ। ଉଲ୍ଲେଖ କରାଯାଇପାରେ ଚଳିତ ନିର୍ବାଚନରେ ବିଜେପି ଏବଂ ଇଣ୍ଡିଆ ମେଂଟ ମୋଦୀ ଗ୍ୟାରେଂଟି'କୁ ପାଥେୟ କରି ନିର୍ବାଚନ ଲଢିଥିବାବେଳେ ଇଣ୍ଡିଆ ଭୁକ୍ତ ବିରୋଧି ଦଳଗୁଡିକ ଦରଦାମ, ବେରୋଜଗାରୀ ଏବଂ ସମ୍ବିଧାନରେ ନାଗରିକଙ୍କୁ ପ୍ରଦତ୍ତ ଅଧିକାରର ସୁରକ୍ଷା ନେଇ ନିର୍ବାଚନ ଲଢିଥିଲେ। ମୋଦୀ ଗ୍ୟାରେଂଟି ତୁଳନାରେ ଦରଦମା, ବେରୋଜଗାରୀ, ସମ୍ବିଧାନର ସୁରକ୍ଷା ମହାରାଷ୍ଟ୍ର। ଉତରପ୍ରଦେଶ ଓ ରାଜସ୍ଥାନରେ ବେଶ ପ୍ରଭାବୀ ହୋଇଛି। ଉଲ୍ଲେଖଯେଗ୍ୟ ଯେ, ୨୮୮ଜଣିଆ ସଦସ୍ୟ ବିଶିଷ୍ଟ ମହାରାଷ୍ଟ୍ର ବିଧାନସଭାର ନିର୍ବାଚନ ଆସନ୍ତା ଅକ୍ଟୋବର ମାସରେ ହେବାକୁ ଯାଉଛି। ମହାରାଷ୍ଟ୍ରର ୪୮ ଲୋକସଭା ସଦସ୍ୟଙ୍କ ମଧ୍ୟରୁ ଶିବସେନା(ଉଦ୍ଧବ), ଏନସିପି(ଶରଦ ପାୱାର) ଗୋଷ୍ଠୀ ଏବଂ କଂଗ୍ରେସ ୩୦ଟି ଆସନ ହାତେଇଥିବାବେଳେ ବିଜେପି ୯ଟି, ଶିବସେନା ସିନ୍ଧେ ୭ଟି ଓ ଏନସିପି(ଅଜିତ) ମାତ୍ର ଗୋଟିଏ ଆସନରେ ବିଜୟୀ ହୋଇଛି। ଇତିମଧ୍ୟରେ କେନ୍ଦ୍ରରେ ନରେନ୍ଦ୍ରମୋଦୀଙ୍କ ନେତୃତ୍ୱରେ ମେଂଟ ସରକାର କ୍ଷମତାସୀନ ହୋଇଛି। ରାହୁଲ ଗାନ୍ଧୀ ଲୋକସଭାର ବିରୋଧି ଦଳ ନେତା ହେବା ନିଶ୍ଚିତ ଆହୁରି ମଧ ଆସନ୍ତା ଜୁଲାଇ ମାସରୁ ଲୋକସଭାର ବଜେଟ ଅଧିବେଶନ ଆରମ୍ଭ ହେବାକୁ ଯାଉଛି। ସଂସଦରେ ବିରୋଧି ଇଣ୍ଡିଆ ସୁଚିନ୍ତିତ ରଣକୌଶଳ ସହ ଗଠନମୂଳକ ଆଭିମୁଖ୍ୟ ନେଇ ଅଧିବେଶନକୁ ଶତପ୍ରତିଶତ ଫଳପ୍ରଦ କରିବା ଦେଶବାସୀ ଆଶା କରନ୍ତି।

**ସମ୍ମାନ ଭବନ,**
**ପ୍ଲଟ ନଂ-୫୮/୩୫୮୧, ଗାଙ୍ଗୋତ୍ରୀ ନଗର,**
**ରୋଡ ନଂ-୩, ଶିଶୁପାଳଗଡ,-୭୫୧୦୦୨**
**ମୋବାଇଲ ନଂ-୯୪୩୭୯୯୪୩୭୯**

# ଅଷ୍ଟାଦେଶ ପୁରାଣେଶୁ ବ୍ୟାସ ସ ବଚନ ଦ୍ୱୟମ.....

କବିବର ରାଧାନାଥ ରାୟଙ୍କ କାଳଜୟୀ ଧାଡ଼ିଟି ମନେପଡୁଛି – 'ଧର୍ମ ଏକ ପୋତ ଗଢ଼ିଛନ୍ତି ବିଧି, ତରିବାକୁ ଏହି ସଂସାର ବାରିଧି। ଧର୍ମ ଏକ ସିନା ମହତ ପଣିଆ, ଆଉ ସବୁ କଥା ଅଢ଼େଇ ଦିନିଆ'। ସଂସାରରେ ଧର୍ମ ହିଁ ଜୀବନ ବାରିଧିକୁ ଆଗେଇ ନେଇଥାଏ। ସେହିପରି ଆତ୍ମ ମାନଙ୍କ ଆଧ୍ୟାତ୍ମିକ ଚେତନାରେ ପୁରାଣର ଗୁରୁତ୍ୱପୂର୍ଣ୍ଣ ପ୍ରାସଙ୍ଗିକତା ରହିଛି। ଧର୍ମପ୍ରାପ୍ତ ଜୀବନ ନିମିତ୍ତ ଆଲୋଚନା କରିବାବେଳେ ମନେପଡୁଛି ଶ୍ରୀମଦ ଭାଗବତର ସେହି ସ୍ମରଣୀୟ ଧାଡ଼ିଟି – 'ଧମ ଅର୍ଜନେ ଧର୍ମ କରି, ଧର୍ମେ ପ୍ରାପତ ନରହରି। ଧର୍ମରକ୍ଷଣେ ମୁଁ ଜଗତେ, ଶରୀର ଧରି ନାନାମତେ'। ଆଧ୍ୟାତ୍ମିକ ଚେତନାରେ ମାନବୀୟ ମୂଲ୍ୟବୋଧପୂର୍ଣ୍ଣ ଜୀବନ ଆତ୍ମ ମାନଙ୍କର ନିତ୍ୟ ଧ୍ୟେୟ। ଧର୍ମବଳ ଜୀବନ ଚେତନାର ଏପରି ଏକ ଅନାସକ୍ତ କର୍ମ ସମ୍ଭବତଃ ଏହାକୁ ସ୍ମରଣ କରି ଉତ୍କଳମଣି ଗୋପବନ୍ଧୁ ଲେଖିଛନ୍ତି – 'ଧର୍ମ ପକ୍ଷେ ଜୟ ସଦା ସୁନିଶ୍ଚୟ, ରଖ ହୃଦୟରେ ଏ ଦୃଢ଼ ପ୍ରତ୍ୟୟ। ଭାରତବାସୀର ଧର୍ମବଳ ସାର, ଧର୍ମ ବିନା ଆଜି ଏଡ଼େ ଛାରଖାର। ଦେଖାଅ ଜୀବନେ ଅଭୂତ ଶକତି, କର୍ମେ ଅନାସକ୍ତ, ଧର୍ମେ ଦିବ୍ୟରତି।' ସେହିପରି ଆତ୍ମ ମାନଙ୍କର ଆଧ୍ୟାତ୍ମିକ ଚେତନାରେ ପୁରାଣର ଗୁରୁତ୍ୱପୂର୍ଣ୍ଣ ପ୍ରେରଣା ଓ ମାର୍ଗଦର୍ଶନ ରହିଛି। ସାଧାରଣରେ ଏକ ପ୍ରଶ୍ନ ଉଠେ ପୁରାଣର ଅର୍ଥ କ'ଣ? ପୁରାଣ ଶବ୍ଦର ଅର୍ଥ ଯାହା ପୁରାକାଳରେ ଘଟିଥିଲା ବା ଅତି ପ୍ରାଚୀନ କାଳର ବିବରଣୀ। ଆମେ ଆଜି ଯାହାକୁ ପୁରାଣର ମାନ୍ୟତା ଦେଉ, ତାହା ହେଉଛି ଅତି ପ୍ରାଚୀନ କାଳରେ ପ୍ରସିଦ୍ଧ ବ୍ୟକ୍ତି, ସମାଜ, ଧର୍ମ ଓ ଦେବତା ଆଦିଙ୍କ ଜନ୍ମ ଓ କର୍ମ ଅବଲମ୍ବନରେ ରଚିତ ଆଖ୍ୟାୟିକ। ପୁରାଣମାନଙ୍କରେ ମୁଖ୍ୟତଃ ସ୍ୱର୍ଗ ବା ସୃଷ୍ଟି, ପ୍ରତିସର୍ଗ ବା ପ୍ରଳୟ, ବଂଶ ବା ବଂଶ ବିସ୍ତାର, ମନ୍ୱନ୍ତର ବା ଯୁଗାଂଶ ବିସ୍ତାର ଓ ବଂଶାନୁଚରିତ ବା ବଂଶର ଇତିହାସ ବର୍ଣ୍ଣନା କରାଯାଇଥାଏ। ସାଧାରଣ ଅନ୍ତର୍ଦୃଷ୍ଟିରେ ଦେଖିଲେ ଆମେ ସହଜରେ ଅନୁଭବ କରିପାରିବା ଯେ ଏହି ପାଞ୍ଚଗୋଟି ଲକ୍ଷଣ ପ୍ରତ୍ୟେକ ପିଣ୍ଡ ବ୍ରହ୍ମାଣ୍ଡରେ ବିଦ୍ୟମାନ। ତେଣୁ ଏହି ପାଞ୍ଚଟି ଲକ୍ଷଣ ଆମ ଭିତରେ ବି ଅଛି। ଏଗୁଡ଼ିକ ଆମ ଜୀବନ୍ତ ଅବସ୍ଥାର ପରିଚୟ।

ପାର୍ଥକ୍ୟ ମାନଙ୍କର ସମଷ୍ଟି ଭାବେ ଆବିର୍ଭୂତ ହୋଇଥିବା ଏହି ସୃଷ୍ଟି, ଗୋଟିଏ ଉତ୍ସ ମୂଳ ଅବ୍ୟକ୍ତରୁ ଜାତ ହୋଇଛି। ତେଣୁ ସବୁକିଛି ଅଲଗା ଦେଖାଯାଉଥିଲେ ମଧ ସମସ୍ତଙ୍କ ମଧ୍ୟରେ ସମାନତା ରହିବାକୁ ବାଧ୍ୟ। ସମୟ ହେଉଛି ପାର୍ଥକ୍ୟ ସୃଷ୍ଟିର ଏକ ବିରାଟ କାରଣ। ସମୟ ବଦଳେ, ସ୍ଥିତି ବଦଳେ କିନ୍ତୁ ସୃଷ୍ଟିର ପିଣ୍ଡ ବ୍ରହ୍ମାଣ୍ଡ ଗୁଡ଼ିକ ସମାନ ପ୍ରକାରର ଜନ୍ମ, କର୍ମ, ଜ୍ଞାନ ଓ ମୁକ୍ତି ଅନୁଭବ କରନ୍ତି। ପୁରାଣର ଆଖ୍ୟାୟିକା ଗୁଡ଼ିକ ଆମକୁ ଏହା ହିଁ ଦର୍ଶାନ୍ତି। ପୁରାଣ ଗୁଡ଼ିକର ଚରିତ୍ରମାନଙ୍କ ପାଖରେ ଆମେ ନିଶ୍ଚିତ ନିଜ ପିଣ୍ଡ ବ୍ରହ୍ମାଣ୍ଡର ପରିଚୟ ଦେଖୁ। ଏହା ଆମକୁ ନିଜ ପିଣ୍ଡ ବ୍ରହ୍ମାଣ୍ଡକୁ ଠିକ ଉପାୟରେ ବିକଶିତ କରିବାରେ ସହାୟକ ହୁଏ। ପ୍ରତ୍ୟେକ ପିଣ୍ଡବ୍ରହ୍ମାଣ୍ଡ ସାଧକ ଅନୁଭବ କରନ୍ତି ଯଦି ଏହା କୌଣସି ପୌରାଣିକ ଚରିତ୍ର ପାଖରେ ସମ୍ଭବ, ସମାନ କଥା ମୋ ପାଖରେ ବି ନିଶ୍ଚିତ ସମ୍ଭବ। ପୁରାଣର ଚରିତ୍ର ମାନଙ୍କ ସହ ଏକାତ୍ମତା ଅନୁଭବ କରି ପିଣ୍ଡ ବ୍ରହ୍ମାଣ୍ଡ ସାଧକ ନିଜକୁ ଭୁଲ ପଥରୁ ଦୂରେଇ ନେବାର ସୁଯୋଗ ପାଏ। ସାଧକ ଅନେକ ସମୟରେ ସାଧନା ପଥରେ ହତାଶା ଅନୁଭବ କରେ। ସେହି ସମୟରେ ପୁରାଣର ଆଖ୍ୟାନ ତାକୁ ସଚେତନ କରିଦିଏ। ପୁରାକାଳରେ ଅନେକ ପିଣ୍ଡ ବ୍ରହ୍ମାଣ୍ଡ ସାଧକ ହତାଶ ହୋଇଛନ୍ତି, କଷ୍ଟ ସହିଛନ୍ତି, ହେଲେ ଶେଷରେ ଚିରନ୍ତନ ଲକ୍ଷ୍ୟରେ ପହଞ୍ଚିଛନ୍ତି। ଯାହା ପୁରାଣରେ ସମ୍ଭବ ତାହା ବର୍ତ୍ତମାନରେ ସମ୍ଭବ ଏବଂ ଭବିଷ୍ୟତରେ ବି ସମ୍ଭବ। ବଂଶ ଓ ବଂଶ ବିସ୍ତାର ଅଧ୍ୟୟନଦ୍ୱାରା ଆମେ କର୍ମ ବନ୍ଧନ ଏବଂ ସେଥିରୁ ମୁକ୍ତିର ମାର୍ଗର ଆଭାସ ପାଉ। ପୁରାଣ ମାନଙ୍କୁ ପଢ଼ିବା ସହ ସେମାନଙ୍କୁ ନିଜ ଜୀବନରେ ଅନୁଭବ କଲେ ସେଗୁଡ଼ିକ ପାର୍ଥକ୍ୟ ରୂପକ ମାୟାର ବିନାଶରେ ସହାୟକ ହୁଅନ୍ତି। ଆଲେଖ୍ୟର ଶେଷରେ ମନେପଡୁଛି ସେହି ଅମୃତ ବାଣୀର ଧାଡ଼ିଟି – 'ଅଷ୍ଟାଦେଶ ପୁରାଣେଶୁ ବ୍ୟାସ ସ ବଚନ ଦ୍ୱୟମ, ପରୋପକାରାୟ ସ୍ୱର୍ଗାୟ, ପାପାୟ ପର ପୀଡ଼ନମ୍।'

*ଷ୍ଟେଟ ବ୍ୟାଙ୍କ ଅଫ ଇଣ୍ଡିଆ, ଷ୍ଟାଫ କଲୋନୀ, ଦେଉଳ ସାହି, ତୁଳସୀପୁର, କଟକ, ଦୂରଭାଷ : ୯୯୩୭୬୫୮୩୬୨ / ୭୯୭୮୭୯୬୬୩୩*




# କେନ୍ଦ୍ରରେ ଓଡ଼ିଶା ସରକାର, ଓଡ଼ିଶାରୁ ତିନି ମନ୍ତ୍ରୀ

ରାଜ୍ୟରେ ବିଜେଡ଼ିକୁ ଏକ ପ୍ରକାର ଧୂଳିସାତ କରି ଓଡ଼ିଶାରେ ବିଜେପି ସରକାର ଗଢ଼ିବାକୁ ଯାଉଛି । କେନ୍ଦ୍ରକୁ ଓଡ଼ିଶା କୋଡିଏ ଜଣ ବିଜେପି ସାଂସଦଙ୍କୁ ନିର୍ବାଚିତ କରିବା କମ ବଡ଼ ଗୌରବର କଥା ନୁହେଁ । କେନ୍ଦ୍ରରେ ପ୍ରଧାନମନ୍ତ୍ରୀ ମୋଦିଙ୍କ ତୃତୀୟ ପାଳିର ଯୁଗ ଆରମ୍ଭ ହୋଇଥିବାବେଳେ ନିଜ ମନ୍ତ୍ରୀମଣ୍ଡଳରେ ୭୧ ଜଣଙ୍କ ଭିତରୁ ୩ଜଣଙ୍କୁ ମନ୍ତ୍ରୀପଦ ମିଳିଛି । ଚଳିତଥର ଓଡ଼ିଶାରେ ବିଜେପିର ଉଲ୍ଲେଖନୀୟ ସଫଳତା ପଛରେ ଧର୍ମେନ୍ଦ୍ର ବାବୁଙ୍କ ଗୁରୁତ୍ୱପୂର୍ଣ୍ଣ ଅବଦାନ ରହିଥିଲା । ଦିନେ ପେଟ୍ରୋଲିୟମ ମନ୍ତ୍ରାଳୟର ଦାୟିତ୍ୱ ସମ୍ଭାଳିଥିବା ଧର୍ମେନ୍ଦ୍ର ବାବୁ ପରବର୍ତ୍ତୀ ସମୟରେ ଶିକ୍ଷା ମନ୍ତ୍ରଣାଳୟର ଦାୟିତ୍ୱ ନେଇ ନୂଆ ଜାତୀୟ ଶିକ୍ଷାନୀତିକୁ ସଫଳ ଭାବେ କାର୍ଯ୍ୟକାରୀ କରିଛନ୍ତି । ସେ ହେଉଛନ୍ତି ବିଜେପିର ରାଇଜିଂ ଷ୍ଟାର । ଗରିବ ପରିବାରକୁ ଉଜ୍ଜ୍ୱଳା ଯୋଜନାରେ ରନ୍ଧନ ଗ୍ୟାସ ଯୋଗାଣ କାର୍ଯ୍ୟକ୍ରମ ଭାବରେ ସେ ସାଜିଥିଲେ ପରିବର୍ତ୍ତନର ସୂତ୍ରଧର । ଧର୍ମେନ୍ଦ୍ର ବାବୁ ମୋଦିଙ୍କ ମନ୍ତ୍ରୀମଣ୍ଡଳରେ ଉଜ୍ଜ୍ୱଳା, ପହଲ ଯୋଜନା ସହ ଗିଭ ଇଟ ଅପ୍ ଭଳି ଅଭିନବ କାର୍ଯ୍ୟକ୍ରମ କରି ବେଶ ସଫଳ ହୋଇଛନ୍ତି । ଏହାସହ ଆଇଆଇଏମ୍ ସମ୍ବଲପୁର, ଏସଆଇଇ ଭୁବନେଶ୍ୱର, ଆଇସିଟି ମୁମ୍ବାଇ, ନ୍ୟାସନାଲ ସ୍କିଲ ଟ୍ରେନିଂ ଇନଷ୍ଟିଚ୍ୟୁଟ, ଆଇଜର ବ୍ରହ୍ମପୁର, ଓଡ଼ିଶାର ରିସର୍ଚ୍ଚ ସେଣ୍ଟର ସହ ଆଇଆଇଏମ ସମ୍ବଲପୁରରେ ଇଙ୍ଗବତୀ ସେଣ୍ଟର ପ୍ରତିଷ୍ଠା କରିବାର ଦାୟିତ୍ୱ ତାଙ୍କରି ମୁଣ୍ଡରେ । ଧର୍ମେନ୍ଦ୍ର ବାବୁଙ୍କ ରାଜନୈତିକ କ୍ୟାରିୟର ଗ୍ରାଫ ସଫଳତାରେ ପରିପୂର୍ଣ୍ଣ । ରାଜ୍ୟରେ ବିଜେପିକୁ କ୍ଷମତାକୁ ଆଣିବାରେ ତାଙ୍କ ଅବଦାନକୁ ଅଣଦେଖା କରିହେବନି ।

ସେହିପରି ତୁଙ୍ଗ ଆଦିବାସୀ ଚେହେରା ଭାବେ ଜୁଏଲ ଓରାମ ପରିଚିତ । ଆଦିବାସୀ ବ୍ୟାପାର ମନ୍ତ୍ରଣାଳୟ ସେ ଥିଲେ ପ୍ରଥମ ମନ୍ତ୍ରୀ । ନିଜ ନିଷ୍ଠା ଓ ପରିଶ୍ରମ ବଳରେ ଏ ମନ୍ତ୍ରାଳୟକୁ ସେ ଆଦିବାସୀ କଲ୍ୟାଣ ପାଇଁ ସମର୍ପିତ କରିଥିଲେ । ୧୯୯୦ରେ ରାଜନୀତିରେ ପାଦଥାପି ବିଜେପି ଟିକେଟରେ ସେ ୬ଥର ଲୋକସଭାକୁ ନିର୍ବାଚିତ ହୋଇଛନ୍ତି । ବିଜେପି ରାଜ୍ୟଶାଖାର ସଭାପତି ଭାବେ ମଧ ଦଳକୁ ଶକ୍ତିଶାଳୀ କରିବାକୁ ସେ ବେଶ ପରିଶ୍ରମ କରିଥିଲେ । ଜଣେ ତୁଙ୍ଗ ଆଦିବାସୀନେତା ଭାବେ ବିଜେପିର ସମସ୍ତ ପ୍ରଭାବଶାଳୀ ନେତାଙ୍କ ସହ ସମ୍ପର୍କ ଅତି ନିବିଡ଼ । ତାଙ୍କ ଏଜେଣ୍ଡାରେ ଆଦିବାସୀଙ୍କ ବିକାଶ ସବୁବେଳେ ଶୀର୍ଷରେ ଥାଏ । ରାଜ୍ୟରେ ଜନଜାତିଙ୍କ କଲ୍ୟାଣ ପାଇଁ ସେ ବହୁ ପଦକ୍ଷେପ ନେଇଛନ୍ତି । ୧୯୯୯ରେ ସାମାଜିକ ନ୍ୟାୟ ଓ ସଶକ୍ତୀକରଣ ବିଭାଗରୁ ଅଲଗା କରି ସ୍ୱତନ୍ତ୍ର ଭାବେ ଆଦିବାସୀ ବ୍ୟାପାର ମନ୍ତ୍ରଣାଳୟ ଗଠନ କରିଥିଲେ ତତ୍କାଳୀନ ପ୍ରଧାନମନ୍ତ୍ରୀ ଅଟଳ ବିହାରୀ ବାଜପେୟୀ । ସୂଚନାଥାଉକି


ବାଦଲ ଭୂୟାଁ

୨୦୧୪ରେ ବିଜେପିର ଏକ ମାତ୍ର ସାଂସଦ ଭାବେ ସେ ଓଡ଼ିଶାରୁ ଦିଲ୍ଲୀ ଯାଇଥିଲେ । ଦେଶରେ ଆଦିବାସୀଙ୍କ କଲ୍ୟାଣ ପାଇଁ ସମର୍ପିତ ଭାବେ କାମ କରିବାକୁ ତତ୍କାଳୀନ ପ୍ରଧାନମନ୍ତ୍ରୀ ବାଜପେୟୀ ମନ୍ତ୍ରୀ ଭାବେ ଦାୟିତ୍ୱ ନେଇଥିଲେ । ଆଦିବାସୀଙ୍କ ମଙ୍ଗଳ ପାଇଁ ସେ ବହୁବିଦ୍ଧ ପଦକ୍ଷେପ ନେଇ ବିଭାଗକୁ ପ୍ରଥମରୁ ହିଁ ଚଳଚଞ୍ଚଳ କରିପାରିଥିଲେ । ଚଳିତଥର ସେ ମୋଦିଙ୍କ କ୍ୟାବିନେଟରେ ପୁନର୍ବାର ସ୍ଥାନ ପାଇଛନ୍ତି ।

ପ୍ରଶାସକରୁ ରାଜନେତା ହୋଇଥିବା ଅଶ୍ୱିନୀ ବୈଷ୍ଣବ ନରେନ୍ଦ୍ର ମୋଦିଙ୍କ ବିଶ୍ୱାସ ଜିତିଛନ୍ତି । ଓଡ଼ିଶାରୁ ଦୁଇଥର ରାଜ୍ୟ ସଭାକୁ ଯାଇଥିବା ଶ୍ରୀ ବୈଷ୍ଣବ ମୋଦିଙ୍କ ଚଳିତ କ୍ୟାବିନେଟରେ ସ୍ଥାନ ପାଇଛନ୍ତି । ପ୍ରତିଟି ସଫଳତା ପଛରେ କାହାର ପରିଶ୍ରମ ଓ ନିଷ୍ଠା ଥାଏ । ଜଣେ ଦକ୍ଷ ଆଇଏଏସ ଭାବେ ସେ ବେଶ ସୁନାମ ପାଇଥିଲେ । କଟକ ଜିଲ୍ଲାପାଳ ଭାବେ ୧୯୯୯ ମହାବାତ୍ୟା ସମୟରେ ବାତ୍ୟା ପରିଚାଳନାକୁ ନେଇ ସେ ଚର୍ଚ୍ଚାକୁ ଆସିଥିଲେ । ପୂର୍ବତନ ପ୍ରଧାନମନ୍ତ୍ରୀ ବାଜପେୟୀଙ୍କ ବ୍ୟକ୍ତିଗତ ସଚିବ ଭାବେ ମଧ ସେ କାମ କରିଛନ୍ତି । ଦେଶରେ ରେଳବାଇର ରୂପାନ୍ତରୀକରଣ ସହ ସେମିକଣ୍ଡକ୍ଟର ନିର୍ମାଣ କ୍ଷେତ୍ରରେ ତାଙ୍କ ଯୋଗଦାନ ବେଶ ଉଲ୍ଲେଖନୀୟ । ବନ୍ଦେ ଭାରତ ଏକ୍ସପ୍ରେସ ଟ୍ରେନ ଚଳାଚଳରୁ ଆରମ୍ଭ କରି ୫ଜି ଓ ଭାରତରେ ମାଇକ୍ରୋଚିପ ନିର୍ମାଣକୁ ବୈଷ୍ଣବଙ୍କ ମିଶନ ବୋଲି ସ୍ୱୀକାର କରାଯାଏ । କେନ୍ଦ୍ର ରେଳମନ୍ତ୍ରୀ ଭାବରେ ଓଡ଼ିଶାକୁ ବହୁମାତ୍ରାରେ ଗୁରୁତ୍ୱ ଦେଇଛନ୍ତି । ଓଡ଼ିଶାରୁ ନିଜ ପ୍ରଶାସନିକ କ୍ୟାରିୟର ଓ ରାଜନୈତିକ କ୍ୟାରିୟର ଆରମ୍ଭ କରିଥିବା ଅଶ୍ୱିନୀ ମୋଦିଜୀଙ୍କ ନୂଆ ସରକାରରେ ଓଡ଼ିଶାକୁ ଅଧିକ ଫୋକସ କରି ବିକାଶକୁ ଆଗେଇ ନେବେ ବୋଲି ରାଜ୍ୟବାସୀଙ୍କ ଆଶା ଓ ବିଶ୍ୱାସ ରହିଛି । ଛାତ୍ର ଜୀବନରେ ବେଶ ସ୍ୱର୍ଣ୍ଣିମ କ୍ୟାରିୟରର ଅଧିକାରୀ ଶ୍ରୀବୈଷ୍ଣବ ନିଜ କାର୍ଯ୍ୟଦକ୍ଷତାର ପୁରସ୍କାର ପାଇଛନ୍ତି । ମୋଦିଜୀଙ୍କ ସରକାରରେ ଓଡ଼ିଶା ବିଜେପିର ତିନିଜଣ ଟାଣୁଆ ନେତାଙ୍କର ମନ୍ତ୍ରୀମଣ୍ଡଳରେ ଗୁରୁତ୍ୱପୂର୍ଣ୍ଣ ଦାୟିତ୍ୱ ନିର୍ବାହ ଭିତରେ ଓଡ଼ିଶାର ବିକାଶ ତ୍ୱରାନ୍ୱିତ ହେବାସହ ଅଭିବୃଦ୍ଧିର ନୂଆ ଇତିହାସ ଲେଖାଯିବ । ତିନିଜଣଙ୍କୁ ଆମ ତରଫରୁ ଅନେକ ଅନେକ ଶୁଭେଚ୍ଛା ଓ ଅଭିନନ୍ଦନ ।

*ପ୍ରତିଷ୍ଠାତା, ସମ୍ପାଦକ 'ସିଂହଭୂମ', ପୁରୁଣା ସୋନାରି, ଜାମସେଦପୁର, ଦୂରଭାଷ : ୭୪୮୮୯୯୮୫୩୨*

# ପୁରୀ ପାଇଁ ଐତିହାସିକ ଦିନ :ମୁଖ୍ୟମନ୍ତ୍ରୀ

ପୁରୀ/ ନୂଆଦିଲ୍ଲୀ/ଭୁବନେଶ୍ୱର, (ପି.ଏନ): ପୁରୀରେ ଶ୍ରୀଜଗନ୍ନାଥ ମେଡ଼ିକାଲ କଲେଜ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଦ୍ୱାରା ଲୋକାର୍ପିତ ହୋଇଯାଇଛି । ଲୋକାର୍ପଣ ସମାରୋହରେ କେନ୍ଦ୍ର ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ମନ୍ତ୍ରୀ ମନସୁଖ ମାଣ୍ଡଭୀୟ ଭର୍ଚ୍ଚୁଆଲ ମାଧ୍ୟମରେ ଯୋଡ଼ି ହୋଇଥିଲେ । ଏହି ଅବସରରେ ମୁଖ୍ୟମନ୍ତ୍ରୀ କହିଥିଲେ ଯେ ଏହା ପୁରୀ ପାଇଁ ଐତିହାସିକ ଦିନ । ଶିକ୍ଷକ ଓ ଛାତ୍ରଛାତ୍ରୀଙ୍କ ପ୍ରଚେଷ୍ଟାରେ ପୁରୀବାସୀଙ୍କ ସେବା କରିବାରେ ଏହି ଶିକ୍ଷାନୁଷ୍ଠାନ ନାଁ କରିବ ବୋଲି ମୁଖ୍ୟମନ୍ତ୍ରୀ ଆଶା ବ୍ୟକ୍ତ କରିଥିଲେ । ଅପରପକ୍ଷରେ କେନ୍ଦ୍ରମନ୍ତ୍ରୀ ଶ୍ରୀ ମାଣ୍ଡଭୀୟ ଓଡ଼ିଶାବାସୀଙ୍କୁ ସୁଲଭ ମୂଲ୍ୟରେ ସ୍ୱାସ୍ଥ୍ୟସେବା ଉପଲବ୍ଧ କରିବା ପାଇଁ ଆୟୁଷ୍ମାନ ଯୋଜନା ଲାଗୁ କରିବା ପାଇଁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କୁ ଅନୁରୋଧ କରିଛନ୍ତି । ଏହି ଯୋଜନା ଲାଗୁ ହେବା ଦ୍ୱାରା ଓଡ଼ିଆ ଲୋକମାନେ ଲାଭ ପାଇବେ ଏବଂ ସ୍ୱାସ୍ଥ୍ୟ ବ୍ୟବସ୍ଥା ଭଲ ରହିବ ବୋଲି ସେ କହିଛନ୍ତି । କାର୍ଯ୍ୟକ୍ରମ ପରେ ଆୟୋଜିତ ସଭାରେ ମୁଖ୍ୟମନ୍ତ୍ରୀ କହିଥିଲେ ମହାପ୍ରଭୁ ଶ୍ରୀ ଜଗନ୍ନାଥଙ୍କ କ୍ଷେତ୍ରରେ ଏକ ଉନ୍ନତମାନର ମେଡିକାଲ କଲେଜ ପ୍ରତିଷ୍ଠା ହୋଇଛି । ଏହାଦ୍ୱାରା ମେଧାବୀ ଛାତ୍ରଛାତ୍ରୀମାନେ ମେଡିକାଲ ପାଠ ପଢିବା ସହିତ ପୁରୀ ଜିଲ୍ଲାରେ ସ୍ୱାସ୍ଥ୍ୟସେବା କ୍ଷେତ୍ରରେ ଏକ ନୂଆ ଯୁଗ ଆରମ୍ଭ ହେଲା ।କାର୍ଯ୍ୟକ୍ରମରେ ଉପସ୍ଥିତ ଛାତ୍ରଛାତ୍ରୀ ମାନଙ୍କ ସହିତ ଆଲୋଚନା କରି ମୁଖ୍ୟମନ୍ତ୍ରୀ ସେମାନଙ୍କୁ ଅଭିନନ୍ଦନ ଜଣାଇଥିଲେ ଏବଂ ଭବିଷ୍ୟତରେ ଭଲ ଡାକ୍ତର ହୋଇ ନିଷ୍ଠାପର ଭାବେ ଉତମ ସ୍ୱାସ୍ଥ୍ୟସେବା ଯୋଗାଇ ଦେବାକୁ ସେମାନଙ୍କୁ ପରାମର୍ଶ ଦେଇଥିଲେ । ଶିକ୍ଷକ ଓ ଛାତ୍ରଛାତ୍ରୀ ମାନଙ୍କ ଉଦ୍ୟମରେ ଏହି କଲେଜ ସ୍ୱାସ୍ଥ୍ୟସେବା କ୍ଷେତ୍ରରେ ନିଜର ଗୁରୁତ୍ୱପୂର୍ଣ୍ଣ ଅବଦାନ ରଖିବ ବୋଲି ମୁଖ୍ୟମନ୍ତ୍ରୀ ଆଶାପ୍ରକାଶ କରିଥିଲେ । ଛାତ୍ରଛାତ୍ରୀ ମାନଙ୍କ ମଧ୍ୟରୁ ପୁରୀର ଶ୍ରୀ ସମ୍ପିତ ନାୟକ, ରାଜସ୍ଥାନର ପ୍ରଗତୀ ମୀନା ଓ ଓଡିଶାର ଶ୍ରୀ ସିଦ୍ଧାର୍ଥ ସାହୁ ପ୍ରମୁଖ ଛାତ୍ରଛାତ୍ରୀ ଏହି ଆଲୋଚନାରେ ଭାଗ ନେଇ ପୁରୀରେ ପଢିବାର ସୁଯୋଗ ପାଇଥିବାରୁ ଖୁସି ପ୍ରକାଶ କରି ଭବିଷ୍ୟତରେ ଚିକିତ୍ସା ସେବା କ୍ଷେତ୍ରରେ ପ୍ରତିଶ୍ରୁତିବଦ୍ଧ ହୋଇ କାମ କରିବେ ବୋଲି କହିଥିଲେ । ପିଲାମାନେ କଲେଜର ଭିତିଭୂମିର ଉଚ୍ଚପ୍ରଶଂସା କରିଥିଲେ ।ଛାତ୍ରଛାତ୍ରୀଙ୍କ ସହ ମତ ବିନିମୟ କରିବା ଅବସରରେ ଶ୍ରୀ ମାଣ୍ଡଭୀୟ ଓଡ଼ିଶାରେ ସ୍ୱାସ୍ଥ୍ୟସେବା ସୁଲଭ ଓ ସର୍ବବ୍ୟାପୀ କରିବା ପାଇଁ ମେଡ଼ିକାଲ ଛାତ୍ରଛାତ୍ରୀଙ୍କୁ ପରାମର୍ଶ ଦେଇଛନ୍ତି । ସେ କହିଛନ୍ତି ଯେ ପୁରୀ ଜଗନ୍ନାଥ ମନ୍ଦିର ଯାଇ ଦର୍ଶନ କରିବା ଓ ମହାପ୍ରସାଦ ସେବନ କରିବା ଆମ ପାଇଁ ଗର୍ବର ବିଷୟ ।ସେହି ପବିତ୍ର ଧାମରେ ରହି ମେଡ଼ିକାଲ ଶିକ୍ଷା ଲାଭ କରିବା ଛାତ୍ରଛାତ୍ରୀଙ୍କ ପାଇଁ ଗର୍ବର ବିଷୟ ।ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସ୍ୱପ୍ନ ରହିଛି ସ୍ୱାସ୍ଥ୍ୟସେବା ସୁଲଭ ଏବଂ ସର୍ବବ୍ୟାପୀ ହେବା ଦରକାର ।ଏଥିପାଇଁ ଏକ ଡ଼ାକ୍ତର ରୂପରେ ଛାତ୍ରଛାତ୍ରୀଙ୍କୁ ଦୂର, ସୁଦୂର, ଗାଁ ଯେଉଁଠି ବି ଦାୟିତ୍ୱ ମିଳୁଛି, ସେମାନେ ଗରିବଙ୍କ ସେବା କରିବା ପାଇଁ ନିଜକୁ ଉତ୍ସର୍ଗ କରିବା ସହ ଦେଶର ସ୍ୱାସ୍ଥ୍ୟ କ୍ଷେତ୍ରରେ ଯୋଗଦାନ ରଖନ୍ତୁ । ମୋଦି ସରକାର ଓ ରାଜ୍ୟ ସରକାର ମିଳିତ ଭାବରେ ରାଜ୍ୟରେ ଅନେକ ମେଡ଼ିକାଲ କଲେଜ ଆରମ୍ଭ କରିଛନ୍ତି ଏବଂ ଆଗାମୀ ଦିନରେ ଅନେକ ମେଡ଼ିକାଲ କଲେଜ କାର୍ଯ୍ୟକ୍ଷମ ହେବାକୁ ଯାଉଛି । ଓଡ଼ିଶା ସମେତ ଦେଶର ଛାତ୍ରଛାତ୍ରୀମାନେ ଗୁଣାତ୍ମକ ଶିକ୍ଷା ନେଇ ଉତମ ଡ଼ାକ୍ତର ହୁଅନ୍ତୁ ଏବଂ ସରକାରୀ ବ୍ୟବସ୍ଥାକୁ ଉପଯୋଗ କରି ରାଜ୍ୟ ଓ ରାଷ୍ଟ୍ର ନିର୍ମାଣରେ ନିଜର ଯୋଗଦାନ ରଖନ୍ତୁ ।ସୁନ୍ଦରଗଡ଼ରେ ଏନଟିପିସି ତରଫରୁ ହସ୍ପିଟାଲ ହୋଇଛି । ତାଳଚେରରେ କୋଲ ଇଣ୍ଡିଆ ୧ ହଜାର କୋଟି ଟଙ୍କା ଖର୍ଚ୍ଚ କରି ମେଡ଼ିକାଲ କଲେଜ ନିର୍ମାଣ କରିଛି । ମୋଦି ସରକାରଙ୍କ ସମୟରେ ଓଡ଼ିଶାରେ ସ୍ୱାସ୍ଥ୍ୟ ସୁବିଧା, ମେଡ଼ିକାଲ କଲେଜ ଓ ସିଟ୍ ସଂଖ୍ୟା ବୃଦ୍ଧି ପାଉଛି । ଏହାର ଲାଭ ଓଡ଼ିଶାକୁ ମିଳିବ ବୋଲି କେନ୍ଦ୍ର ସ୍ୱାସ୍ଥ୍ୟ ମନ୍ତ୍ରୀ ମନସୁଖ ମାଣ୍ଡଭୀୟ କହିଛନ୍ତି ।

ଏହି ଉତ୍ସବରେ ରାଜ୍ୟ ସ୍ୱାସ୍ଥ୍ୟ ମନ୍ତ୍ରୀ ନବ ଦାସ,ଗଣଶିକ୍ଷା ମନ୍ତ୍ରୀ ସମୀର ରଞ୍ଜନ ଦାଶ, କ୍ରୀଡ଼ା ମନ୍ତ୍ରୀ ତୁଷାରକାନ୍ତି ବେହେରା , ପୁରୀ ସାଂସଦ ପିନାକୀ ମିଶ୍ର,ଫାଇଭ - ଟି ସଚିବ ଭି.କେ ପାଣ୍ଡିଆନ , ପୂର୍ବତନ ବାଚସ୍ପତି ମହେଶ୍ୱର ମହାନ୍ତି, ରାଜ୍ୟ ଯୋଜନା ବୋର୍ଡ଼ ଉପାଧ୍ୟକ୍ଷ ସଞ୍ଜୟ କୁମାର ଦାସବର୍ମା, ଓ ଜିଲ୍ଲାର ସମସ୍ତ ବିଧାୟକ ପ୍ରମୁଖ ଯୋଗ ଦେଇଥିଲେ । ଏହି କଲେଜରେ ଛାତ୍ରଛାତ୍ରୀ ମାନଙ୍କ ପାଇଁ ୧୦୦ଟି ଏମବିବିଏସ ଆସନ ରହିଛି । ଏହାଦ୍ୱାରା ବର୍ତ୍ତମାନ ସାରା ରାଜ୍ୟରେ ୮ଟି ସରକାରୀ ମେଡିକାଲ କଲେଜର ସମୁଦାୟ ଏମବିବିଏସ ଆସନ ସଂଖ୍ୟା ୧୨୫୦କୁ ବୃଦ୍ଧି ପାଇଛି ।ମେଡିକାଲ କଲେଜ ସହିତ ୬୫୦ ଆସନ ବିଶିଷ୍ଟ ଏକ ସାତ ମହଲା ବିଶିଷ୍ଟ ଶିକ୍ଷା ହସ୍ପିଟାଲ ନିର୍ମାଣ ପାଇଁ ମଧ୍ୟ କାମ ଚାଲିଛି । ଏହି ଶିକ୍ଷା ହସ୍ପିଟାଲ ଜୁଲାଇ ୨୦୨୩ ସୁଦ୍ଧା ଏହା ସଂପୂର୍ଣ୍ଣ ହେବ ବୋଲି ଜଣାଯାଇଛି । ବର୍ତ୍ତମାନ ଏହି କଲେଜ ପାଇଁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ଶିକ୍ଷା ହସ୍ପିଟାଲ ଭାବେ କାର୍ଯ୍ୟ କରୁଛି ।ପୁରୀକୁ ବହୁ ସଂଖ୍ୟାରେ ପର୍ଯ୍ୟଟକ ଆସୁଥିବାରୁ ଏହି ମେଡିକାଲ କଲେଜ ଓ ହସ୍ପିଟାଲ ଜିଲ୍ଲାର ସ୍ୱାସ୍ଥ୍ୟସେବା କ୍ଷେତ୍ରରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିବ ।

# ପ୍ରଦେଶ ଛାତ୍ର କଂଗ୍ରେସ ପକ୍ଷରୁ ଏନ୍.ଏସ.ୟୁ. ଆଇ. ପ୍ରତିଷ୍ଠା ଦିବସ ପାଳିତ

ଭୁବନେଶ୍ୱର (ପି.ଏନ): ପ୍ରଦେଶ ଛାତ୍ର କଂଗ୍ରେସ ପକ୍ଷରୁ ଏନ୍.ଏସ.ୟୁ. ଆଇ. ପ୍ରତିଷ୍ଠା ଦିବସ ପାଳିତ ହୋଇଯାଇଛି । ପ୍ରଦେଶ ଛାତ୍ର କଂଗ୍ରେସ ସଭାପତି ୟାସୀର ନୱାଜଙ୍କ ସଭାପତିତ୍ୱରେ ପତାକା ଉତୋଳନ କାର୍ଯ୍ୟକ୍ରମ ହୋଇଥିଲା । ଜଟଣୀ ବିଧାୟକ ସୁରେଶ କୁମାର ରାଉତରାୟ ମୁଖ୍ୟ ଅତିଥି ଭାବରେ ଯୋଗଦେଇ ପତାକା ଉତୋଳନ କରିଥିଲେ । ଏହି ପରିପ୍ରେକ୍ଷୀରେ ଶ୍ରୀ ନୱାଜ କହିଥିଲେ ଯେ ପୂର୍ବତନ ପ୍ରଧାନ ମନ୍ତ୍ରୀ ଇନ୍ଦିରା ଗାନ୍ଧୀ ଏନ.ଏସ.ୟୁ.ଆଇ. ୧୯୭୧ ମସିହାରେ ପ୍ରତିଷ୍ଠା କରିଥିଲେ । ଛାତ୍ର କଂଗ୍ରେସର ଲକ୍ଷ୍ୟ ଛାତ୍ର ସମାଜକୁ ସଶକ୍ତ କରିବା । ଦାୟୀତ୍ୱବାନ ନାଗରିକ ଓ ନେତା ମଧ ସୃଷ୍ଟି କରିବା ଛାତ୍ର କଂଗ୍ରେସର କାର୍ଯ୍ୟର ଅଂଶ ବିଶେଷ ମାତ୍ର ସେମାନଙ୍କର ଗଣତାନ୍ତ୍ରୀକ, ଧର୍ମ ନିରପେକ୍ଷତା, ସମାନତା ଏବଂ ସୁଗୁଣ ରହିଥିବା ଦରକାର । ଶ୍ରୀ ନୱାଜ କହିଲେ ଓଡ଼ିଶାର ଛାତ୍ର କଂଗ୍ରେସ ଉଭୟ ନବୀନ ସରକାର ଓ ମୋଦୀ ସରକାରର ଭ୍ରଷ୍ଟାଚାର ବିରୋଧରେ ସଂଗ୍ରାମ କରୁଛି । ଚାକିରୀ ବିକିରୀର ପ୍ରତିବାଦ କରିଛି । ନାରୀ ନିର୍ଯ୍ୟାତନା ଓ ହତ୍ୟା, ଦରଦାମ ବୃଦ୍ଧି ପ୍ରସଙ୍ଗରେ ଉଭୟ ସରକାରକୁ ଜୋରଦାର ଘେରିଛି । ଆଜିର ଏହି କାର୍ଯ୍ୟକ୍ରମରେ ଲିଙ୍ଗରାଜ ସାହୁ, ମିହିର ଆଚାର୍ଯ୍ୟ, ରଞ୍ଜିତ ପାତ୍ର, ନିହାର ରଂଜନ ବେହେରା, ନଳିନୀକାନ୍ତ ନାୟକ, କାର୍ତିକେଶ୍ୱର କାଣ୍ଡି, ଅଖିଳେଷ ଯାଦବ, ବିଶ୍ୱଭୂଷଣ ମହାପାତ୍ର, ଏମଡି ସମ୍ୟୁଇଲ, ଭାଗ୍ୟଶ୍ରୀ ମହାନ୍ତି, ଜଗଦିଶ ଗଜେନ୍ଦ୍ର, ଅହମ୍ମଦ ଖାନ, ଏସ୍‌କେ ସାହାରୁଖ, ନିତେଶ ରଂଜନ ବେହେରା, ନିୟାଜୁଲ ଇସ୍‌ଲାମ, ଉଦିତ ପ୍ରଧାନ, ଜିତେନ୍ଦ୍ର ମଲ୍ଲିକ, ସନ୍ତୋଷ କୁମାର ଭୋଳ, କୁମାର ସୌରଭ, ତୋଫାନ ସେଠୀ, ଅରସଦ ଅନସାରୀ, ମିର ରିୟାଜୁଦ୍ଦିନ, ଆରିୟାନ ଦାସ, ଆଶିଷ ଦାସ, ଶୁଭକାନ୍ତ ବେହେରା, ରୋସନ କୁମାର କିରଣ ପ୍ରମୁଖ ଅଂଶଗ୍ରହଣ କରିଥିଲେ ।

## ପଳାଶୁଣିରେ ହେବ ଫୁଟ୍ ଓଭରବ୍ରିଜ୍ , ଜାଗା ଦେଖିଲେ ସାଂସଦ ଅପରାଜିତା ଷଡଙ୍ଗୀ

ଭୁବନେଶ୍ୱର ,(ପି.ଏନ): ରାଜଧାନୀର ଦୁର୍ଘଟଣା ପ୍ରବଣ ସ୍ଥାନ ପଳାଶୁଣିରେ ନିର୍ମାଣ ହେବ ଫୁଟ୍ ଓଭରବ୍ରିଜ୍ । ୧୬ ନମ୍ବର ଜାତୀୟ ରାଜପଥର ପଳାଶୁଣିଠାରେ ଫୁଟ୍ ଓଭରବ୍ରିଜ୍ ନିର୍ମାଣ ନେଇ ଭୁବନେଶ୍ୱରର ସାଂସଦ ଅପରାଜିତା ଷଡଙ୍ଗୀ ଟୁଇଟ୍ କରି ସୂଚନା ଦେଇଛନ୍ତି । ସାଂସଦ ଶ୍ରୀମତୀ ଷଡଙ୍ଗୀ ମଙ୍ଗଳବାର ଦିନ ଏଥିପାଇଁ ଜାଗା ପରିଦର୍ଶନ କରିଛନ୍ତି । ଏହାସହିତ ସାଂସଦ ଶ୍ରୀମତୀ ଷଡ଼ଙ୍ଗୀ ଜାତୀୟ ରାଜପଥ ପ୍ରାଧିକରଣ (ଏନଏଚଏଆଇ) ର ଅଧିକାରୀଙ୍କ ସହିତ ଆଲୋଚନା କରିଛନ୍ତି ।

ସେହିପରି ତୁଙ୍ଗ ଆଦିବାସୀ ଚେହେରା ଭାବେ ଜୁଏଲ ଓରାମ ପରିଚିତ । ଆଦିବାସୀ ବ୍ୟାପାର ମନ୍ତ୍ରଣାଳୟ ସେ ଥିଲେ ପ୍ରଥମ ମନ୍ତ୍ରୀ । ନିଜ ନିଷ୍ଠା ଓ ପରିଶ୍ରମ ବଳରେ ଏ ମନ୍ତ୍ରାଳୟକୁ ସେ ଆଦିବାସୀ କଲ୍ୟାଣ ପାଇଁ ସମର୍ପିତ କରିଥିଲେ । ୧୯୯୦ରେ ରାଜନୀତିରେ ପାଦଥାପି ବିଜେପି ଟିକେଟରେ ସେ ୬ଥର ଲୋକସଭାକୁ ନିର୍ବାଚିତ ହୋଇଛନ୍ତି । ବିଜେପି ରାଜ୍ୟଶାଖାର ସଭାପତି ଭାବେ ମଧ ଦଳକୁ ଶକ୍ତିଶାଳୀ କରିବାକୁ ସେ ବେଶ ପରିଶ୍ରମ କରିଥିଲେ । ଜଣେ ତୁଙ୍ଗ ଆଦିବାସୀନେତା ଭାବେ ବିଜେପିର ସମସ୍ତ ପ୍ରଭାବଶାଳୀ ନେତାଙ୍କ ସହ ସମ୍ପର୍କ ଅତି ନିବିଡ଼ । ତାଙ୍କ ଏଜେଣ୍ଡାରେ ଆଦିବାସୀଙ୍କ ବିକାଶ ସବୁବେଳେ ଶୀର୍ଷରେ ଥାଏ । ରାଜ୍ୟରେ ଜନଜାତିଙ୍କ କଲ୍ୟାଣ ପାଇଁ ସେ ବହୁ ପଦକ୍ଷେପ ନେଇଛନ୍ତି । ୧୯୯୯ରେ ସାମାଜିକ ନ୍ୟାୟ ଓ ସଶକ୍ତୀକରଣ ବିଭାଗରୁ ଅଲଗା କରି ସ୍ୱତନ୍ତ୍ର ଭାବେ ଆଦିବାସୀ ବ୍ୟାପାର ମନ୍ତ୍ରଣାଳୟ ଗଠନ କରିଥିଲେ ତତ୍କାଳୀନ ପ୍ରଧାନମନ୍ତ୍ରୀ ଅଟଳ ବିହାରୀ ବାଜପେୟୀ ।

# ଡିଏସ୍‌ପି ଏମଏଫ ଉନ୍ମୋଚନ କଲା ଭିଜନ

ଭୁବନେଶ୍ୱର (ପିଏନ): ବ୍ୟବସାୟର ଭବିଷ୍ୟତ ସମ୍ପର୍କରେ ଦୂରଦୃଷ୍ଟି ପୋଷଣ କରିବାକୁ ଡିଏସ୍‌ପି ମ୍ୟୁଚୁଆଲ ଫଣ୍ଡ 'ଭିଜନ ୨୦/୨୦' ଶୀର୍ଷକରେ ଏକ ଆକଳନ ବିଚାରାଧାରାକୁ ଉପସ୍ଥାପନ କରୁଛି । ଡାକ୍ତରୀ ଶାସ୍ତ୍ରରେ ୨୦/୨୦ ଦୃଷ୍ଟିଶକ୍ତିର ତୀକ୍ଷ୍ଣ ଅବସ୍ଥା ସମ୍ପର୍କରେ ସୂଚିତ କରୁଛି । ଡିଏସ୍‌ପି ଏମଏଫ ନିବେଶକ ଅଥବା ସମ୍ଭାବ୍ୟ ନିବେଶକ ବ୍ୟବସାୟ ସଂସ୍ଥାଗୁଡିକର ଭବିଷ୍ୟତ ସମ୍ପର୍କରେ ଆକଳନ କରିବା ସମୟରେ ତାହାକୁ ଉଚ୍ଚ ଦୃଶ୍ୟମାନ, ମଧ୍ୟମ ଦୃଶ୍ୟମାନ ଏବଂ ନିମ୍ନ ଦୃଶ୍ୟମାନ ବ୍ୟବସାୟ ସଂସ୍ଥା ଭାବରେ ପୃଥକ କରି ତିନିଟି ଲେନ୍‌ସର ଉପଯୋଗ କରିଛି । ଏହି ଆକଳନରେ କୁହାଯାଇଛି ଯେ ମଧ୍ୟମରୁ ଉଚ୍ଚ ଆୟକାରୀ ବର୍ଗ ଉବେର / ଓଲା ସେବା ବ୍ୟବହାର କରିବା ପରିବର୍ତ୍ତେ ବ୍ୟକ୍ତିଗତ କାର୍ ଅଥବା ଦୁଇଚକିଆ ଗାଡି ଖରିଦ କରିବାକୁ ପସନ୍ଦ କରିବେ । ସମ୍ପ୍ରତି କମ୍ ବ୍ୟୟସାପେକ୍ଷ ଏବଂ ବଜାରରେ ଚାହିଦା ଥିବା ବ୍ୟବହୃତ (ସେକେଣ୍ଡ ହ୍ୟାଣ୍ଡ) ଗାଡିଗୁଡିକର ଚାହିଦା ବୃଦ୍ଧିପାଇଛି । ଅନୁରୂପ ଭାବେ ଏକାଧିକ ସପିଂ ଆପ୍ଲିକେସନ ଜରିଆରେ ଜନସାଧାରଣ ଅନ୍‌ଲାଇନରେ କିଣାକିଣି କରୁଛନ୍ତି ଏବଂ ଅନ୍‌ଲାଇନ ସ୍ୱାସ୍ଥ୍ୟଯତ୍ନ ତଥା ଔଷଧ ଆଦିର ଚାହିଦା ବିପୁଳ ବୃଦ୍ଧି ଘଟିଛି । ଦରିଦ୍ର ଲୋକଙ୍କ ପାଇଁ ସରକାର ଉନ୍ନତ ଜୀବନ ନିର୍ବାହ ପରିବେଶ ଯୋଗାଇବା ଉପରେ ଗୁରୁତ୍ୱ ଦେବା ସମ୍ଭାବନା ଥିବାରୁ ସୁଲଭ ମୂଲ୍ୟ ବାସଗୃହ ନିର୍ମାଣ ମଧ୍ୟ ତ୍ୱରାନ୍ୱିତ ହୋଇପାରେ । ଅନ୍ୟପକ୍ଷରେ ୱାର୍କ ଫ୍ରମ ହୋମ୍ (ଘରେ ରହି ଅଫିସ କାମ କରିବା) ବ୍ୟବସ୍ଥା ଦ୍ୱାରା ଘରଭଡା ବ୍ୟବସାୟ ପ୍ରଭାବିତ ହୋଇପାରେ ଏବଂ ସେହି ସମୟରେ ଇôକ୍ଷସ୍ପ;ରନେଟ୍ କାରବାର ବ୍ୟାପକ ହେବ ଏବଂ ଏହାଦ୍ୱାରା ଦୂରସଂଚାର କମ୍ପାନୀଗୁଡିକ ଫାଇଦା ପାଇବେ । ଏଭଳି ପରିସ୍ଥିତିରେ ପ୍ୟାକେଟରେ ଆସୁଥିବା ପ୍ରସ୍ତୁତ ଖାଦ୍ୟର ଚାହିଦା ବୃଦ୍ଧିପାଇବ । ରପ୍ତାନିଭିତ୍ତିକ ଔଷଧୀୟ କମ୍ପାନୀଗୁଡିକ ମଧ୍ୟ 'ଆତ୍ମନିର୍ଭର ଭାରତ' ବିଷୟରୁ ସୁଯୋଗ ନେବାକୁ ଉତ୍ତମ ସ୍ଥିତିରେ ଅଛନ୍ତି । ହ୍ୟାଣ୍ଡ ସାନିଟାଇଜର, ହ୍ୟାଣ୍ଡ ୱାଶ୍ ଭଳି ସାମଗ୍ରୀର କାରବାର ୧୦ହଜାର ଗୁଣ ବୃଦ୍ଧିପାଇଛି । ଅନ୍ୟପକ୍ଷରେ ସାମାଜିକ ନିରାପତ୍ତା ବ୍ୟବସ୍ଥାର ଅଭାବ ଏବଂ ବ୍ୟୟବହୁଳ ସ୍ୱାସ୍ଥ୍ୟଯତ୍ନ ସହିତ ଭାରତରେ ସୁରକ୍ଷା ପ୍ରଦାନକାରୀ ପଲିସୀର ଖୁବ କମ୍ କାରବାର ଯୋଗୁଁ ଉଭୟ ସ୍ୱାସ୍ଥ୍ୟ ଓ ଟର୍ମଲାଇଫ ଇନସ୍ୟୁରାନ୍ସ ଚାହିଦା ବୃଦ୍ଧି ପାଇପାରେ । ଏହାକୁ ଡିଏସ୍‌ପି ଏମଏଫ ଭିଜନ ୧୫/୨୦ ବର୍ଗରେ ସ୍ଥାନିତ କରିଛି । ବେତନ କାଟ ଏବଂ ଚାକିରୀ ଛଟେଇ ଭଳି ଜଟିଳ ସମୟରେ ସାଧାରଣ ଜନତାଙ୍କ ଦ୍ୱାରା ଆଦୃତ ହେଉଥିବା ବ୍ରାଣ୍ଡ୍‌ଗୁଡିକ ପ୍ରିମିୟମ ବ୍ରାଣ୍ଡ୍‌ଗୁଡିକୁ ପଛରେ ପକାଇଦେବା ଆଶା

କରାଯାଉଛି, କାରଣ ଗ୍ରାହକମାନେ ମୂଲ୍ୟପ୍ରତି ସଚେତନ ହୋଇ କିଣାକିଣି କରିବା ଆରମ୍ଭ କରିଛନ୍ତି । ପ୍ରାଥମିକ ସମୟରେ ଅସାଧୁ ମହଜୁଦ କାରଣରୁ ଉପଭୋକ୍ତାଙ୍କ ଦ୍ୱାରା ମୁଖ୍ୟ ଖାଦ୍ୟସାମଗ୍ରୀ ବିପୁଳ ପରିମାଣରେ କିଣାକିଣି କରାଯିବା ପରିଲକ୍ଷିତ ହୋଇଛି ଏବଂ ଏ କ୍ଷେତ୍ରରେ ଦୀର୍ଘସୂତ୍ରୀ ଅଭିବୃଦ୍ଧି ଅପରିବର୍ତ୍ତିତ ରହିବା ମନେ କରାଯାଉଛି । ସ୍ୱାସ୍ଥ୍ୟରକ୍ଷା ଉତ୍ପାଦଗୁଡିକର ସୀମିତ ବ୍ୟବହାର ଏବଂ ଟୁଥପେଷ୍ଟ, ଫେସୱାଶ୍, ସାମ୍ପୁ ଭଳି ଅନ୍ୟ ସ୍ୱାସ୍ଥ୍ୟରକ୍ଷା ବର୍ଗର ଉତ୍ପାଦଗୁଡିକରେ ସେଭଳି ବୃଦ୍ଧି ଲକ୍ଷ୍ୟ କରାଯାଇନାହିଁ । ପ୍ୟାକେଟରେ ଆସୁଥବା ଖାଦ୍ୟସାମଗ୍ରୀ ଚାହିଦା ଆଶାତୀତ ବୃଦ୍ଧିଘଟିଛି ଏବଂ ନିକଟରେ ଜଣେ ବିସ୍କୁଟ ଉତ୍ପାଦନକାରୀଙ୍କ କହିବା ଅନୁଯାୟୀ ସେମାନେ ଅଶୀବର୍ଷ ମଧ୍ୟରେ ଯେତିକି ବ୍ୟବସାୟ କରିନଥିଲେ ତାହା ଚଳିତ ମାସଗୁଡିକରେ କରିଛନ୍ତି । ତେବେ ଏହି ଧାରା ଜାରି ରହିବ ବୋଲି ଆମେ ମନେକରିପାରିବା ନାହିଁ । ଡିଏସ୍‌ପି ଏମଏଫର ଭିଜନ ୧୦/୨୦ ବର୍ଗରେ ଏହା ସ୍ଥାନ ପାଇଛି । ସାମ୍ପ୍ରତିକ ସ୍ଥିତିରେ ଲୋକେ ବାହାରେ ଖାଇବା ବନ୍ଦ କରିଦେଇଛନ୍ତି । ମହାମାରୀ ସମୟରେ ଅନ୍‌ଲାଇନ ସାମଗ୍ରୀ ଯୋଗାଣ ଗୁରୁତର ପ୍ରଭାବିତ ହୋଇଥିଲା ଏବଂ ଏହିସବୁ ରୋଷଶାଳା ବନ୍ଦ ହୋଇଯାଇଥିଲା । ଖୁଚୁରା ବ୍ୟବସାୟ ମଧ୍ୟ ପ୍ରଭାବିତ ହୋଇଥିଲା, ଯଦିଓ ସମ୍ପ୍ରତି ଏଥିରେ ପୁନରୁଦ୍ଧାର ଘଟିବାର କେତେକ ସୂଚନା ମିଳୁଛି । ତେଣୁ ଏହି ଶ୍ରେଣୀଗୁଡିକ ପୂର୍ବ ଅବସ୍ଥାକୁ ଫେରିବା ନିମନ୍ତେ କିଛି ସମୟ ଲାଗିବ ଏବଂ ଉପଭୋକ୍ତାଙ୍କର ବିଶ୍ୱାସ ଫେରାଇ ଆଣିବା ସହିତ ସେମାନଙ୍କ ଆସ୍ଥା ଜିତିବା ଏ କ୍ଷେତ୍ରରେ ଗୁରୁତ୍ୱପୂର୍ଣ୍ଣ ହେବ । ତତ୍‌ସହିତ ସମ୍ପ୍ରତି ଚଳଚ୍ଚିତ୍ରଗୁଡିକ ଅନ୍‌ଲାଇନ ପ୍ଲାଟଫର୍ମରେ ମୁକ୍ତିଲାଭ କରୁଥିବାରୁ ମଲ୍‌ଟିପ୍ଲେକ୍ସଗୁଡିକ ପ୍ରଭାବିତ ହେବ । ବିମାନରେ ଆବଦ୍ଧ ପରିବେଶ ସହିତ ଯାତ୍ରୀମାନେ ପାଖାପାଖି ବସୁଥିବାରୁ ନିୟମିତ ଯାତ୍ରୀବାହୀ ବିମାନ ଚଳାଚଳ ସ୍ୱାଭାବିକ ହେବାକୁ ଆଉ କିଛିଦିନ ଲାଗିପାରେ । କୋଭିଡ ଓ ଅଣ କୋଭିଡ ଚିକିତ୍ସା ନିମନ୍ତେ ରାଜ୍ୟ ସରକାରମାନେ ମୂଲ୍ୟ ସ୍ଥିର କରୁଥିବାରୁ ହସପିଟାଲଗୁଡିକରେ ଘରୋଇ ନିବେଶ ପ୍ରଭାବିତ ହୋଇପାରେ ବୋଲି କୁହାଯାଇଛି । ବ୍ୟାଙ୍କଗୁଡିକ ମଧ୍ୟ ମୋରାଟୋରିୟମକୁ ନେଇ ଆଗକୁ ବଢିବା ସମ୍ପର୍କରେ ଶିକ୍ଷାଲାଭ କରୁଛନ୍ତି ଏବଂ ଏହାଦ୍ୱାରା କେତେ ପ୍ରତିଶତ ଅର୍ଥ ପୁନର୍ଗଠନ କରାଯିବ, ତାହା ଦେଖିବାକୁ ବାକି ରହିଛି । ଏହା ଭିଜନ ୫/୨୦ରେ ସ୍ଥାନିତ ହୋଇଛି । ଡିଏସ୍‌ପିର ପୋର୍ଟଫୋଲିଓର ମୁଖ୍ୟଭାଗ ଉଚ୍ଚ ଏବଂ ନିମ୍ନ ଦୃଶ୍ୟମାନ କ୍ଷେତ୍ରରେ ଥିବା କମ୍ପାନୀଗୁଡିକୁ ନେଇ ପ୍ରସ୍ତୁତ । ଡିଏସ୍‌ପି ଏମଏଫ୍‌ର ବିଶ୍ୱାସ ଯେ କମ୍ ପରିମାଣର ଋଣ ସହିତ ଅଧିକ ଅର୍ଥ ପ୍ରବାହ ବ୍ୟବସ୍ଥା ସୃଷ୍ଟି ଦୀର୍ଘସୂତ୍ରୀ ଆକାରରେ ଉତ୍ତମ ଭାବେ କାର୍ଯ୍ୟ କରିଥାଏ ଏବଂ ଆମେ ସମ୍ପ୍ରତି ଯାହା ଦେଖୁଛୁ ସଙ୍କଟ ସମୟରେ ଏହା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ବିବେଚିତ ହୁଏ । ମାତ୍ରାଧିକ ଋଣକୁ ନେଇ ଭାରାକ୍ରାନ୍ତ ଅଥବା ସ୍ୱଳ୍ପ ଅର୍ଥ ପ୍ରବାହ ବ୍ୟବସ୍ଥା ଥିବା କମ୍ପାନୀଗୁଡିକ ହୁଏତ ସଫଳତାର ସହିତ ପ୍ରତିଦ୍ୱନ୍ଦ୍ୱିତା କରିବା ନେଇ ସମସ୍ୟାର ସମ୍ମୁଖୀନ ହୋଇପାରନ୍ତି । ଗୋଟିଏ କମ୍ପାନୀ ମୂଳଧନକୁ କେତେ ଦକ୍ଷ ଭାବରେ ନିବେଶ କରିପାରୁଛି ଏବଂ ପୁଞ୍ଜି ଦକ୍ଷତାଭିତ୍ତିକ ବ୍ୟବସାୟକୁ ପସନ୍ଦ କରୁଛି, ତାହା ଉପରେ ସମ୍ପତ୍ତି ସୃଷ୍ଟି ନିର୍ଭର କରେ ବୋଲି ଡିଏସ୍‌ପିର ବିଶ୍ୱାସ । ଏହା ଏକଥା ମଧ୍ୟ କହିଛି ଯେ ସାମ୍ପ୍ରତିକ ପରିବେଶ ଅନିଶ୍ଚିତ ଏବଂ ଅସ୍ଥିର ଅବସ୍ଥାରେ ରହିଛି । ବର୍ତ୍ତମାନ ସମୟରେ ଘଟୁଥିବା ପରିବର୍ତ୍ତନ ଉପଭୋକ୍ତାଙ୍କ ଆଚରଣରେ ପରିବର୍ତ୍ତନ ଆଣିବ । ତେଣୁ ଏହାକୁ ନେଇ ଡିଏସ୍‌ପି ଏମଏଫ ଉଲ୍ଲସିତ ଥିଲେ ମଧ୍ୟ ଭବିଷ୍ୟତ ପ୍ରତି ସଜାଗ ଦୃଷ୍ଟି ରଖିଛି ।

# ଦେଶରେ ମହିଳା ସଶକ୍ତିକରଣ ପାଇଁ ପ୍ରଧାନମନ୍ତ୍ରୀ ଯୁଗାନ୍ତକାରୀ ପଦକ୍ଷେପ ନେଇଛନ୍ତି: ସମୀର ମହାନ୍ତି

ଭୁବନେଶ୍ୱର,(ପି.ଏନ): ମହାନ କ୍ରାନ୍ତିକାରୀ, ସମାଜ ସୁଧାରକ ଜ୍ୟୋତିବା ଫୁଲେଙ୍କ ଜନ୍ମଜୟନ୍ତୀ ଅବସରରେ ସିନର୍ଜି ଇଷ୍ଟିଚ୍ୟୁଟ ଅଫ ଟେକନୋଲୋଜିଠାରେ ଅନୁସୂଚିତ ଜାତି ଓ ଜନଜାତି ବର୍ଗର ଛାତ୍ରଛାତ୍ରୀଙ୍କୁ ରାଜ୍ୟ ବିଜେପି ସଭାପତି ସମୀର ମହାନ୍ତି ଭେଟି ଜ୍ୟୋତିବା ଫୁଲେଙ୍କ ଦେଶପ୍ରତି ଅବଦାନ ବିଷୟରେ ଅବଗତ କରାଇଥିଲେ । ଯେତେବେଳେ ଦେଶରେ ନାରୀ ଶିକ୍ଷା ପ୍ରତି ଆଦୌ ଧ୍ୟାନ ଦିଆଯାଉନଥିଲା ସେତେବେଳେ ଜ୍ୟୋତିବା ଫୁଲେ ମହିଳାମାନଙ୍କ ଶିକ୍ଷାକୁ ପ୍ରାଧାନ୍ୟ ଦେଇ ପ୍ରତିକୂଳ ପରିସ୍ଥିତିରେ କାର୍ଯ୍ୟ କରୁଥିଲେ । ଜ୍ୟୋତିବା ଫୁଲେ ତାଙ୍କ ପତ୍ନୀ ସାବିତ୍ରୀବାଇ ଫୁଲେଙ୍କ ସହିତ ମିଶି ପୁନେଠାରେ ମହିଳାମାନଙ୍କ ଶିକ୍ଷା କ୍ଷେତ୍ରରେ ଅଗ୍ରଗତି ନିମନ୍ତେ ବାଳିକା ବିଦ୍ୟାଳୟ ସ୍ଥାପନ କରି ନାରୀ ଶିକ୍ଷା ଶିକ୍ଷାଦ୍ୱାରା ସମାଜର ଅଗ୍ରଗତି ସମ୍ଭବ ବୋଲି ବାର୍ତ୍ତା ଦେଇଥିଲେ । ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଜ୍ୟୋତିବା ଫୁଲେଙ୍କ ଆଦର୍ଶରେ ଅନୁପ୍ରାଣିତ ହୋଇ ମହିଳାଙ୍କ ପ୍ରତି ବିଭିନ୍ନ ଯୋଜନା ମଧ କରିଛନ୍ତି । ମହିଳାମାନଙ୍କ ପାଇଁ ଶୌଚାଳୟ, ଉଜ୍ଜ୍ୱଳା, ବେଟି ବଚାଓ ବେଟି ପଢ଼ାଓ, ସୁକନ୍ୟା ସମୃଦ୍ଧି ଯୋଜନା, ପୋଷଣ ଅଭିଯାନ ଭଳି ଯୁଗାନ୍ତକାରୀ ପଦକ୍ଷେପମାନ ନେଇ ମହିଳାଙ୍କୁ ସମ୍ମାନ, ସ୍ୱାଭିମାନ ଓ ସଶକ୍ତ କରିବାକୁ ତାଙ୍କ ସରକାରରେ ଅନେକ ଯୋଜନା କରିଥିବାରୁ ରାଜ୍ୟ ସଭାପତି ଶ୍ରୀ ମହାନ୍ତି ଧନ୍ୟବାଦ ଜ୍ଞାପନ କରିଛନ୍ତି । ଏହି କାର୍ଯ୍ୟକ୍ରମରେ ଅନୁଷ୍ଠାନର ପ୍ରତିଷ୍ଠାତା ବିନୋଦ ଦାଶ, ଇଷ୍ଟିଚ୍ୟୁ ନିର୍ଦ୍ଦେଶକ ଚତ୍ରସେନ ଜଗତଦେଓ, ରାଜ୍ୟ ପ୍ରବକ୍ତା ଠାକୁର ରଞ୍ଜିତ ଦାସ, ଯୁବମୋର୍ଚ୍ଚା ରାଷ୍ଟ୍ରୀୟ ଉପାଧ୍ୟକ୍ଷ ଅର୍ପିତା ବଡ଼ଜେନା ପ୍ରମୁଖ ଉପସ୍ଥିତ ଥିଲେ ।

# ଲିଜଧାରୀ ନିୟମ ବୈହିର୍ଭୁତ ଭାବେ ବାଲି ଖଦାନ ଚଳାଉଥିବା

ବାଲେଶ୍ୱର,(ପି.ଏନ): ସଦର ବ୍ଲକ ଅନ୍ତର୍ଗତ ନଗ୍ରମ ଗ୍ରାମ ପଞ୍ଚାୟତ ଓ ରେମୁଣା ବ୍ଲକ ଦହପଡ଼ା ଗ୍ରାମ ପଞ୍ଚାୟତର ଫୁଲୱାର କଷବା, କାଳିପୁର, ଖେଜୁରପୁର, ଦହପଡ଼ା, କଣ୍ଟାବଣିଆ, ଗମ୍ଭାରିଆ ଓ ଧରମପୁର ଗ୍ରାମର ଗ୍ରାମବାସୀ ମାନେ ଲିଜ ନେଇଥିବା ଅରୁଣାକର ଦାସଙ୍କ ବିରୁଧରେ ଜିଲ୍ଲାପାଳଙ୍କୁ ଏକ ଦାବି ପ୍ରଦାନ କରିଛନ୍ତି । ବାଲି ଉଠାଇବା ନିମନ୍ତେ କୌଣସି ଯାନ୍ତ୍ରିକ ବ୍ୟବସ୍ଥା ନିୟମ ନ ଥିବା ବେଳେ ପ୍ରତିଦିନ ପୋକ୍ରେନ ମେସିନ ମାଧ୍ୟମରେ ନଦୀ ଗର୍ଭରୁ ବେଆଇନ ଭାବରେ ସହ ସହ ସିୟୁଏମ ବାଲି ଉତ୍ତୋଳନ କରୁଛନ୍ତି । ଏହି ବାଲି ସୌରାତ୍ ଚଳାଇବା ପାଇଁ ସମୁଦାୟ ୩୭ ହଜାର ୪୦୦ ସିୟୁଏମ ବାଲି ଉତ୍ତୋଳନ ପାଇଁ ଅନୁମତି ଅଛି । ୦.୩ ମିଟର ହିସାବରେ ବର୍ଷକୁ ଯେତିକି ବାଲି ଉତ୍ତୋଳନ କରିବା କଥା ପ୍ରତିଦିନ ଏହି ମେସିନ ସାହାଯ୍ୟରେ ବେଆଇନ ଭାବେ ବହୁତ ଅଧିକ ବାଲି ଉତ୍ତୋଳନ କରାଯାଉଛି । ଏହା ଦ୍ୱାରା ସରକାର ଉକ୍ତ ସୈରାତ୍‌କୁ ବାର୍ଷିକ ଲକ୍ଷ ଲକ୍ଷ ଟଙ୍କା ରାଜସ୍ୱ ହରାଉଥିବାର ଜଣାପଡୁଛି । ଅଧିକ ବାଲି ଉତ୍ତୋଳନ ଓ ପରିବହନ ଜଣା ପଡିଯିବା ଭୟରେ ତହସିଲ କାର୍ଯ୍ୟାଳୟରୁ ମିଳିଥିବା କେଫର୍ମ ଜାଣିଶୁଣି ଗାଡ଼ିକୁ ଦିଆଯାଉ ନାହିଁ । ଉକ୍ତ ବାଲି ସୈରାତ କୌଣସି ଗୋଟିଏ ମଧ ନିୟମର ସର୍ତ୍ତ ଅନୁସରଣ କରୁ ନାହିଁ ଏବଂ ଏହା ଜାତୀୟ ସବୁଜ ପ୍ରାଧିକରଣ (ଏନଜିଟି) ପାସ ହୋଇଛି କି ନାହିଁ ତାହା ମଧ ସନ୍ଦେହ ସୃଷ୍ଟି ହେଉଛି । ନଦୀ ପଠାରୁ ୪୦ ମିଟର ଛାଡ଼ି ଓ ମାତ୍ର ୦.୩ ମିଟର ଗଭୀର ପର୍ଯ୍ୟନ୍ତ ବାଲି ଉଠାଇବାର ନିୟମ ଥିବା ବେଳେ ଉକ୍ତ ଲିଜ୍‌ଧାରୀ ଏହାର ସମ୍ପୁର୍ଣ୍ଣ ଓଲଟା ଅର୍ଥାତ ନଦୀ ପଠାକୁ ଖୋଳି ଡମ୍ପର ସାହାଯ୍ୟର ସହ ସହ ଟ୍ରିପ ମାଟି ବିକ୍ରି କରୁଛନ୍ତି । ଫଳରେ ନଦୀ ଗର୍ଭରେ ୫୦ ରୁ ୬୦ ଫୁଟ ପର୍ଯ୍ୟନ୍ତ ଗଣ୍ଡ ସୃଷ୍ଟି ହୋଇ କିଛି ଲୋକ ନଦୀରେ ଗାଧଇବା ସମୟରେ ପାଣିରେ ବୁଡ଼ିଯାଇ ମୃତ୍ୟୁ ବରଣ କରୁଥିବା ଉଦ୍ଧାରଣ ମଧ ରହିଛି । ନଦୀ ଜଳଠାରୁ ମାଟି ଖୋଳି ବିକ୍ରି କରିବା ଫଳରେ ବୁଢ଼ାବଳଙ୍ଗ ନଦୀରେ ବନ୍ୟା ଆସିଲେ ନଦୀର ଗତିପଥ ପରିବର୍ତ୍ତନ ହୋଇ ଗ୍ରାମ ଗୁଡ଼ିକ ନଦୀ ଗର୍ଭରେ ଲୀନ ହେବାର ଆଶଙ୍କା ମଧ ସୃଷ୍ଟି ହୋଇଛି । ବର୍ତ୍ତମାନ ଗ୍ରୀଷ୍ମ ସମୟରେ ଗୋରୁ ଗାଇ, ଛେଳି ଇତ୍ୟାଦି ପ୍ରାଣି ମାନେ ପାଣି ପିଇବା ପାଇଁ ନଦୀକୁ ଯିବା ବେଳେ ନଦୀ ପାଣି ଗୋଳିଆ ହୋଇଯାଇଥିବାରୁ ପାଣି ମଧ ପିଇ ପାରୁ ନାହାନ୍ତି ।ରାଜ୍ୟ ପରିବେଶ ଓ ପ୍ରଭାବ ମୂଲ୍ୟାୟନ କର୍ତ୍ତୃପକ୍ଷଙ୍କ ଜଣେ ବରିଷ୍ଠ ବୈଜ୍ଞାନିକ, ରାଜ୍ୟ ପ୍ରଦୁଷଣ ବୋର୍ଡ଼ର ବରିଷ୍ଠ ବୈଜ୍ଞାନିକ, ଜିଲ୍ଲାପାଳ କିମ୍ବା ତାଙ୍କ କେହି ପ୍ରତିନିଧି ଓ ଜିଲ୍ଲା ଖଣି ଅଧିକାରୀଙ୍କୁ ନେଇ ଏକ କମିଟି ଗଠନ କରାଯାଇ ସସବା ଦହପଡ଼ା ବାଲି ସୈରାତକୁ ନିରପେକ୍ଷ ତଦନ୍ତ କରି ଯଦି ଆଇନ ବୈହିର୍ଭୁତ କାର୍ଯ୍ୟ କରାଯାଇ ଥାଏ ତାହାହେଲେ ଲିଜ୍‌ଧାରୀ କରୁଣାକର ଦାସଙ୍କ ଉପରେ ଦିତ କାର୍ଯ୍ୟାନୁଷ୍ଠାନ ନେବାକୁ ଏହି ୨ ଟି ଗ୍ରାମ ପଞ୍ଚାୟତର ଅଧିବାସୀ ମାନେ ଦାବି କରିଛନ୍ତି ।

# ଓଡ଼ିଶା ପଥବିକ୍ରେତା ସଂଘ ପକ୍ଷରୁ ଜିଲ୍ଲାପାଳଙ୍କୁ ଦାବିପତ୍ର ପ୍ରଦାନ

ବାଲେଶ୍ୱର: ଆଜି ପୂର୍ବାହ୍ନରେ ଓଡ଼ିଶା ପଥବିକ୍ରେତା ସଂଘ ପକ୍ଷରୁ ଏକ ସୋଭାଯାତ୍ରା ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ପହଞ୍ଚି ପଥବିକ୍ରେତା ଜୀବିକା ସୁରକ୍ଷା ଓ ପଥ ବିକ୍ରେତା ବିନିମୟ ଆଇନ ଉଲଘଂନ ଏବଂ ପଥବିକ୍ରେତାଙ୍କ ଜୀବିକା ଓ ଜୀବନ ଉଚ୍ଛେଦ ଅଭିଯୋଗ ବନ୍ଦ କରିବାକୁ ଏକ ଦାବିପତ୍ର ପ୍ରଦାନ କରିଛନ୍ତି । ପଥବିକ୍ରେତା ଙ୍କ ଜୀବିକା ସୁରକ୍ଷା ପାଇଁ ୨୦୧୪ କେନ୍ଦ୍ରୀୟ ଆଇନକୁ ବାଲେଶ୍ୱର ପୌର ଓ ଜିଲ୍ଲା ପ୍ରଶାସନ ବାରମ୍ବାର ଉଲଘଂନ କରି ଏହି ବର୍ଗର ମଣିଷଙ୍କ ଜୀବନ ଧାରଣ ଦୁର୍ବିସ କରାଇଲେଣି । ପୌର ଓ ଜିଲ୍ଲା ପ୍ରଶାସନ ବାରମ୍ବାର ଉଚ୍ଛେଦ କରି ପଥ ବିକ୍ରେତା ବୃଦ୍ଧି ଥିବା ସହ ସହ ପଥ ବିକ୍ରେତାଙ୍କ ଆଇନ ଗତ ସାମ୍ବିଧାନିକ ଅଧିକାରକୁ ଛଡ଼ାଇ ନେଇ ବାରମ୍ବାର ଅନ୍ୟାୟ କରିଚାଲିଛନ୍ତି । ଏହି ପରି ରାୟ ଶାସନ ବନ୍ଦ କରି ଉଠା ଦାକାନିଙ୍କୁ ସାମ୍ବିଧାନିକ ସାମାଜିକ ନ୍ୟାୟ ପ୍ରଦାନ କରିବା ନିମନ୍ତେ ଦାବି କରିଛନ୍ତି । ଓଟି ରୋଡ଼ରେ ୨ ଟିକିଆ ରାସ୍ତାର ପିଚୁ ରାସ୍ତା ଶେଷ ଠାରୁ ସାଢ଼େ ୪ ମିଟର ଭିତରେ କୌଣସି ଦୋକାନି ରହି ପାରିବେ ନାହିଁ ବୋଲି ପୌର କାର୍ଯ୍ୟ ନିର୍ବାହି ଅଧକାରୀ ପଥ ବିକ୍ରେତା ସଂଘ କର୍ମକର୍ତ୍ତା ମାନଙ୍କୁ କହିବା ପରେ ପଥ ବିକ୍ରେତା ମାନେ ସେହି ଦିନ ବାହାରକୁ ଉଠାଇ ନେଇଥିଲେ । ରାସ୍ତାର ୨ ପାଶ୍ୱରେ କୌଣସି ଦୋକାନି ରହି ପାରିବେ ନାହିଁ ବୋଲି ଆରଏନବି ସଂସ୍ଥା କର୍ମଚାରୀ ମାନେ ସେଠାରେ ପଥ ବିକ୍ରେତା ମାନଙ୍କୁ ଭୟବିତ କରାଉଛନ୍ତି । ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପରିସରରେ ସପିଙ୍ଗ କମ୍ପଲେକ୍‌ସ ନିର୍ମାଣ ବନ୍ଦ କରି ସେହି ଅଟାଳିକା ଗୁଡ଼ିକରେ ଇଂଚୁଡ଼ି ଲବଣ ସତ୍ୟା ଗ୍ରହ ଏବଂ ସ୍ୱାଧିନତା ଆନ୍ଦୋଳର ସଂଗ୍ରହାଳୟ ପ୍ରତିଷ୍ଠା କରାଯାଉଛି । ଓଟି ରୋଡର ସାଢ଼େ ୪ ମିଟର ପର୍ଯ୍ୟନ୍ତ ପ୍ରଶସ୍ତିକରଣ କରାଇବା ପରେ ବାକି ସ୍ଥାନ ଗୁଡ଼ିକ ପଥ ବିକ୍ରେତା କେନ୍ଦ୍ର ଓ ରାଜ୍ୟ କୁଟିରଶିଳ୍ପ, ହସ୍ତଶିଳ୍ପ ସମେତ ଆଞ୍ଚଳିକ ସାମଗ୍ରିର ପଥବିକ୍ରେତା କେନ୍ଦ୍ର ପ୍ରତିଷ୍ଠା କରି ଏହାକୁ ଜାତୀୟ ସ୍ଥରରେ ଆକର୍ଷଣୀୟ ପଥ ବିକ୍ରେତା କେନ୍ଦ୍ର କରାଯାଇ ପର୍ଯ୍ୟଟକେ ଗ୍ରାହକ ମାନଙ୍କୁ ଆକୃଷ୍ଟ କରାଯାଉ । ବ୍ରିଜ ଅଞ୍ଚଳର କରୋନା ମହାମରୀ ସମୟର ସରକାରୀ ଘୋଷିତ ରିଲିଫ୍ ସମସ୍ତଙ୍କୁ ପ୍ରଦାନ କରାଯାଉ । ଜୟନ୍ତ ଦାସ ଙ୍କ ନେତୃତ୍ୱରେ ଅବିଦ ଖାନ, ମୋହିନି ମୋହନ ପରିଡ଼ା, ଅଭିରାମ ବାରିକ, ପ୍ରଶାନ୍ତ ସେଠୀ, ରତନ ଗିରି, ବିଜୟ ସାହ. ରାଧା ବାରିକ, ସୁମନ ସିଂହ, ନୟନ ମାଲୋହତ୍ରା ପ୍ରମୁଖ ଏହି ଶୋଭା ଯାତ୍ରାରେ ସାମିଲ ହୋଇଥିଲେ ।




# ଚାଷ ଓ ଚାଷୀ ସମସ୍ୟା ନେଇ କିଷାନ କଂଗ୍ରେସର ଆନ୍ଦୋଳନ ଡାକରା

ଭୁବନେଶ୍ୱର (ପିଏନ୍)- ଗଞ୍ଜାମ ଜିଲ୍ଲା ସମ୍ପୂର୍ଣ୍ଣ କୃଷି ଉପରେ ନିର୍ଭରଶୀଳ। କୃଷି କ୍ଷେତ୍ରରେ ବିକାଶ ହେଲେ ଜିଲ୍ଲାର କୃଷକଙ୍କ ଅର୍ଥନୈତିକ ବିକାଶ ହେବ। ଖୋଦ୍ ମୁଖ୍ୟମନ୍ତ୍ରୀ ଏହି ଜିଲ୍ଲାରୁ ପ୍ରତିନିଧିତ୍ୱ କରିଛନ୍ତି। କିନ୍ତୁ ଦୁର୍ଭାଗ୍ୟର ବିଷୟ ଏହି ୨୦ ଲକ୍ଷରୁ ଉର୍ଦ୍ଧ୍ୱ ଲୋକ ନିଜ ଭିଟାମାଟି ଛାଡ଼ି ବାହାର ରାଜ୍ୟରେ ଦାଦନ ଖଟୁଛନ୍ତି। ଫସଲ ହାନୀ ଓ ଋଣବୋଝରେ ଚାଷୀ ଆତ୍ମହତ୍ୟା କରୁଛି। ଜଳସେଚନ ବ୍ୟବସ୍ଥା ସମ୍ପୂର୍ଣ୍ଣ ଠପ୍। ପନିପରିବା ସଂରକ୍ଷଣ ପାଇଁ ଶୀତଳଭଣ୍ଡାରଟିଏ ନାହିଁ। ଚାଷୀ ତା'ର ଉତ୍ପାଦିତ ଫସଲର ଉପଯୁକ୍ତ ମୂଲ୍ୟ ପାଉନାହିଁ। ଫଳରେ ଏମ.ଏସ.ପି.ଠାରୁ କମ୍ ଦାମରେ ଧାନ ବିକ୍ରିକରି ବାରମ୍ବାର ଅଭାବୀ ବିକ୍ରିର ଶିକାର ହେଉଛି। ପୁରାତନ ଆସ୍କା ଚିନିକଳର ଦୁରାବସ୍ଥା କହିଲେ ନ ସରେ। କାଳିଆ ଓ ପି.ଏମ୍. କିଷାନ ଯୋଜନାରେ ଜିଲ୍ଲାର ୪୦ ପ୍ରତିଶତ ଚାଷୀଙ୍କୁ ଅନ୍ତର୍ଭୁକ୍ତ କରାଯାଇନାହିଁ। ସାରର ଅହେତୁକ ଅଭାବ ଓ ମୂଲ୍ୟବୃଦ୍ଧି, ଫସଲ ବୀମା କ୍ଷତିପୂରଣ ପାଇବାରେ ବହୁ ଚାଷୀ ବଞ୍ଚିତ ହେଉଛନ୍ତି। ଏହିସବୁ ସମସ୍ୟାଗୁଡ଼ିକର ଆଶୁ ସମାଧାନ ପାଇଁ ଜିଲ୍ଲାର କୁକୁଡ଼ାଖଣ୍ଡି ବ୍ଲକ ବଉଳଝୋଲିଠାରେ ୫୦୦ରୁ ଉର୍ଦ୍ଧ୍ୱ ଚାଷୀଙ୍କୁ ନେଇ ଗତ ୨୫ ତାରିଖ ଦିନ ଜିଲ୍ଲାସ୍ତରୀୟ କିଷାନ ଚିନ୍ତନ ଶିବିର ଜିଲ୍ଲା କିଷାନ କଂଗ୍ରେସ ଅଧ୍ୟକ୍ଷ ବୃନ୍ଦାବନ ଖଟେଇଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ଏହି ଶିବିରରେ ଓଡ଼ିଶା ପ୍ରଦେଶ କିଷାନ କଂଗ୍ରେସ ଅଧ୍ୟକ୍ଷ ଅମିୟ କୁମାର ପଟ୍ଟନାୟକ, ଜିଲ୍ଲା କଂଗ୍ରେସ କମିଟି ସଭାପତି ତଥା ସାନଖେମୁଣ୍ଡିର ବିଧାୟକ ରମେଶ ଜେନା ସମ୍ମାନୀତ ଅତିଥି ଭାବରେ ଯୋଗଦେଇ ଉପସ୍ଥିତ ଥିବା ଚାଷୀମାନଙ୍କ ସହିତ ବିସ୍ତୃତ ଆଲୋଚନା କରିବା ପରେ କୃଷି ଓ କୃଷକଙ୍କ ବିକାଶ ପାଇଁ ସରକାରଙ୍କ ଯୋଜନା କେବଳ ପ୍ରଚାର ଓ ପ୍ରସାରସର୍ବସ୍ୱ ହୋଇଛି। ଉଭୟ ସରକାର ଚଳିତ ୨୦୨୨ ସୁଦ୍ଧା ଚାଷୀର ଆୟ ଦୁଇଗୁଣା ବୃଦ୍ଧି କରିବା ପାଇଁ ଦେଇଥିବା ପ୍ରତିଶ୍ରୁତି ବାସ୍ତବତାଠାରୁ ସମ୍ପୂର୍ଣ୍ଣ ଭିନ୍ନ। ଚାଷୀ ସଂଗଠିତ ହୋଇ ଆନ୍ଦୋଳନ କରିଥିବାରୁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ତିନୋଟି କଳା କୃଷି ଆଇନ ପ୍ରତ୍ୟାହାର କଲେ। ଆଜି ସେହିଭଳି ଗଞ୍ଜାମ ଜିଲ୍ଲାର ୨୨ଟି ବ୍ଲକର ଚାଷୀମାନେ ଏକତ୍ରିତ ହୋଇ ଆନ୍ଦୋଳନକୁ ଓହ୍ଲାଇଲେ ଚାଷୀ ତାର ହକ୍ ନିଶ୍ଚୟ ପାଇପାରିବ ବୋଲି ସେମାନେ କହିଥିଲେ। ଆସନ୍ତା ନଭେମ୍ବର ୧୫ ତାରିଖ ସୁଦ୍ଧା ଜିଲ୍ଲାର ପ୍ରତି ବୁଥ୍, ପଞ୍ଚାୟତ, ବ୍ଲକ ଓ ଜିଲ୍ଲାସ୍ତର ପର୍ଯ୍ୟନ୍ତ କିଷାନ କଂଗ୍ରେସ ସଂଗଠନକୁ ସକ୍ରିୟ କରାଯିବା ସହିତ ପ୍ରତି ବ୍ଲକସ୍ତରରେ କିଷାନ ଚିନ୍ତନ ଶିବିର ଆୟୋଜନ ଓ ଆସନ୍ତା ଡିସେମ୍ବର ମାସରେ ଉଭୟ ବିଜେପି ବିଜେଡ଼ି ସରକାରଙ୍କ ଚାଷୀମାରଣ ନୀତି ବିରୁଦ୍ଧରେ ବିଶାଳ ଚାଷୀ ସମାବେଶ ଆୟୋଜନ କରିବାକୁ ନିଷ୍ପତ୍ତି ନିଆଯାଇଛି। ଧାନର ସର୍ବନିମ୍ନ ସହାୟକ ମୂଲ୍ୟ ୨୯୩୦ ଟଙ୍କାକୁ ବୃଦ୍ଧି ଓ ଏମ.ଏସ.ପି.ର ଆଇନଗତ ବ୍ୟବସ୍ଥା, କୃଷି ଇନପୁଟ୍ ସବସିଡ଼ିର ୨ଗୁଣା ବୃଦ୍ଧି, ପ୍ରତି ବ୍ଲକସ୍ତରରେ ଶୀତଳ ଭଣ୍ଡାର ନିର୍ମାଣ, ମହାନଗର ନିଗମ ଅଞ୍ଚଳରେ ଓମଫେଡ଼ ଭଳି ଭେଜଫେଡ ପ୍ରତିଷ୍ଠା, ଚାଷକାର୍ଯ୍ୟ ପାଇଁ ପ୍ରତି ବ୍ଲକରେ ୫୦ ପ୍ରତିଶତ ଜଳସେଚନ ବ୍ୟବସ୍ଥା, ପଞ୍ଚାୟତ ପରିବର୍ତ୍ତେ ପ୍ରତି ରାଜସ୍ୱ ଗ୍ରାମକୁ ଏକକ ୟୁନିଟ୍ ଭାବେ ଗ୍ରହଣ, ସମସ୍ତ ଚାଷୀଙ୍କୁ କାଳିଆ ଓ ପି.ଏମ୍. କିଷାନ ଯୋଜନାରେ ଅନ୍ତର୍ଭୁକ୍ତ ଓ ବାର୍ଷିକ ୨୪ ହଜାର ଟଙ୍କା ସହାୟତା ରାଶି ପ୍ରଦାନ, ଆସ୍କା ଚିନିକାରଖାନାର ନୂତନ ରୂପାନ୍ତରିତ, ଜିଲ୍ଲାରେ ସୂତାକଳ ପ୍ରତିଷ୍ଠା, ଦାଦନ ଶ୍ରମିକ ରୋକିବା ପାଇଁ କୃଷି କ୍ଷେତ୍ରରେ ମନରେଗା କାର୍ଯ୍ୟକ୍ରମର ସଂପ୍ରସାରଣ ଓ କୃଷିଭିତ୍ତିକ ଶିଳ୍ପ ଓ ଖାଦ୍ୟ ପ୍ରକ୍ରିୟା ଓ ପ୍ରସ୍ତୁତିକରଣ ୟୁନିଟ୍ ସ୍ଥାପନ ଏବଂ ଗୋପାଳପୁରଠାରେ କିଆଫୁଲରୁ ଅତର ପ୍ରକ୍ରିୟାକରଣ ୟୁନିଟ୍ ସ୍ଥାପନ ପାଇଁ କିଷାନ କଂଗ୍ରେସ ପକ୍ଷରୁ ଦୃଢ଼ ଦାବୀ କରାଯାଇଛି।

ସାରା ଭାରତବର୍ଷରେ ଚାଷୀ ଆଜି ଅସୁରକ୍ଷିତ। ବେକାରୀ ସମସ୍ୟା ବଢ଼ିଚାଲିଛି। ଆକାଶଛୁଆଁ ଦରଦାମ୍ ବୃଦ୍ଧି ସାଧାରଣ ଜନଜୀବନକୁ ବିପନ୍ନ କରିଛି। ସମ୍ବିଧାନ ଅସୁରକ୍ଷିତ। ଧର୍ମ ନାମରେ ଜାତିଆଣ ଭାବ ସୃଷ୍ଟି କରାଯାଉଛି। ସର୍ବବୃହତ୍ ଗଣତନ୍ତ୍ର ରାଷ୍ଟ୍ର ଭାରତବର୍ଷର ସାମଗ୍ରୀକ ବିକାଶ ପାଇଁ ଏବଂ ମୋଦି ସରକାରକୁ ଚେକ୍ ଦେବାପାଇଁ ଏ.ଆଇ.ସି.ସି.ର ପୂର୍ବତନ ଅଧ୍ୟକ୍ଷ ଶ୍ରୀ ରାହୁଲ ଗାନ୍ଧୀ ଗତ ୭ ତାରିଖଠାରୁ ଯେଉଁ 'ଭାରତ ଯୋଡ଼' ଯାତ୍ରା ଜାରି ରଖିଛନ୍ତି, ଏଥିରେ ଦେଶର ସବୁ ବର୍ଗର ଲକ୍ଷ ଲକ୍ଷ ଲୋକ ସ୍ୱତଃପ୍ରବୃତ୍ତ ସମର୍ଥନ ଜଣାଉଛନ୍ତି। ଭାରତ ଯୋଡ଼ ଯାତ୍ରାର ସଫଳତା ପାଇଁ ଆସନ୍ତା ଅକ୍ଟୋବର ୩୧ ତାରିଖ ଦିନଠାରୁ ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟି ସଭାପତି ଶ୍ରୀ ଶରତ ପଟ୍ଟନାୟକ ଦୀର୍ଘ ୨୨ଶହ କିଲୋମିଟର ବ୍ୟାପୀ ଓଡ଼ିଶା ପରିକ୍ରମା କରିବା ବେଳେ ଗଞ୍ଜାମ ଜିଲ୍ଲାରୁ ହଜାର ହଜାର ଚାଷୀ ଶ୍ରୀ ପଟ୍ଟନାୟକଙ୍କ ନେତୃତ୍ୱର ପରିକ୍ରମା ଯାତ୍ରାରେ ସାମିଲ ହେବା ପାଇଁ ନିଷ୍ପତ୍ତି ହୋଇଛି। ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା କିଷାନ କଂଗ୍ରେସ ସଂଯୋଜକ କେ. ଶ୍ୟାମସୁନ୍ଦର ଦୋରା, ରାଜ୍ୟ କିଷାନ କଂଗ୍ରେସର ରାଜ୍ୟ ଉପାଧ୍ୟକ୍ଷ ସୁବାଷ ରାଉତ, ସମ୍ପାଦକ ସାଇ ପ୍ରସାଦ ପାତ୍ର, ପଦ୍ମଚରଣ ସାହୁ, ଦିଗପହଣ୍ଡି ନଗରପାଳ ପ୍ରଫୁଲ୍ଲ ଚନ୍ଦ୍ର ପଣ୍ଡା, ଜିଲ୍ଲା ଯୁବ କଂଗ୍ରେସ ସଭାପତି ସନାତନ ସାହୁ ପ୍ରମୁଖ ବକ୍ତବ୍ୟ ରଖିଥିଲେ।

## ଧର୍ମଶାଳା ମୋ କଲେଜ ଅଭିଯାନ ବୈଠକ



ଧର୍ମଶାଳା (ପିଏନ୍): ଜାରକାସ୍ଥିତ ଧର୍ମଶାଳା ମହାବିଦ୍ୟାଳୟ ପରିସରରେ ମୋ କଲେଜ ଅଭିଯାନ ବୈଠକ ଅନୁଷ୍ଠିତ ହୋଇଯାଇଛି। କଲେଜର ଅଧ୍ୟକ୍ଷ ତପନ କୁମାର ମିଶ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ବୈଠକରେ ବିଧାୟକ ପ୍ରଣବ କୁମାର ବଳବନ୍ତରାୟ, କଲେଜ ପରିଚାଳନା କମିଟି ସଭାପତି ଡ. ପ୍ରିୟନାଥ ମହାପାତ୍ର ଯୋଗଦେଇଥିଲେ। ଧର୍ମଶାଳା ମହାବିଦ୍ୟାଳୟ ଧର୍ମଶାଳା ବ୍ଲକର ସର୍ବପୁରାତନ ମହାବିଦ୍ୟାଳୟ, ଏହି ମହାବିଦ୍ୟାଳୟର ଅନେକ ଉନ୍ନତି ମୂଳକ କାର୍ଯ୍ୟ ହୋଇଥିଲେ ହେଁ ଆଉ ଅନେକ କାର୍ଯ୍ୟ ହେବାର ଅବଶ୍ୟକତା ରହିଛି। କଲେଜଗୁଡିକର ଉନ୍ନତି ପାଇଁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ମୋ କଲେଜ ଅଭିଯାନର ଶୁଭାରମ୍ଭ କରିଛନ୍ତି। ଏହି କଲେଜର ବହୁ ଛାତ୍ରଛାତ୍ରୀମାନେ ଉଚ୍ଚ ପଦପଦବୀରେ ଅଧିଷ୍ଠିତ ହୋଇଛନ୍ତି। ସେମାନଙ୍କୁ ମୋ କଲେଜ ଅଭିଯାନରେ ସାମିଲ କରିବାକୁ ପ୍ରସ୍ତାବ ଦେଇଥିଲେ। ଏଥିସହିତ ପୁରାତନ ଛାତ୍ର ସଂସଦର ସଭାପତିମାନଙ୍କୁ ଯୋଗାଯୋଗ କରି ଏହି ଅଭିଯାନରେ ସମସ୍ତଙ୍କୁ ସାମିଲ କରିବାକୁ ମତବ୍ୟକ୍ତ କରିଥିଲେ। ଏହି ଅବସରରେ ପ୍ରଥମ ବ୍ୟାଚର ଛାତ୍ର ବଟକୃଷ୍ଣ ପରିଡା, ପୁରାତନ ଛାତ୍ର ସଂସଦ ସଭାପତି କ୍ଷିତିଶ ନାୟକ, ଜିଲ୍ଲା ପରିଷଦ ସଭ୍ୟା ସ୍ମୃତିରେଖା ବେହେରା, ଛାତ୍ର ବିଜେଡି ଜିଲ୍ଲା ସଭାପତି ସୌମ୍ୟପ୍ରକାଶ ବିଶ୍ୱାଳ, ସମିତି ସଭ୍ୟା କ୍ଷୀରାବ୍ଧି ତନୟା ମଲିକ ପ୍ରମୁଖ ମୋ କଲେଜ ଅଭିଯାନର ସଫଳତା ପାଇଁ ଆଶାବ୍ୟକ୍ତ କରିଥିଲେ। ଆସନ୍ତା ଅକ୍ଟୋବର ମାସ ୨୩ ତାରିଖରେ ପରବର୍ତ୍ତୀ ବୈଠକ ଅନୁଷ୍ଠିତ ହେବ ବୋଲି ସ୍ଥିର କରାଯାଇଥିଲା। ପ୍ରାରମ୍ଭରେ ମୋ କଲେଜ ଅଭିଯାନର ସଂଯୋଜକ ନିଗମାନନ୍ଦ ବିଶ୍ୱାଳ ସୂଚନା ପ୍ରଦାନ କରିଥିଲେ। ଅଧ୍ୟାପକ ବିଶ୍ୱଜିତ ନାୟକ ଧନ୍ୟବାଦ ଅର୍ପଣ କରିଥିଲେ।

## ବାଲେଶ୍ୱରରେ ଶିଶୁ ପାଇଁ ଦିନଟିଏ କାର୍ଯ୍ୟକ୍ରମ



ବାଲେଶ୍ୱର (ପିଏନ୍)-ଶିଶୁ ସୁରକ୍ଷା ୟୁନିଟ ପକ୍ଷରୁ ଜିଲ୍ଲାସ୍ତରୀୟ "ଶିଶୁ ପାଇଁ ଦିନଟିଏ" କାର୍ଯ୍ୟକ୍ରମ ଏନ୍ ଆଇ ସି ପରିସରରେ ଥିବା ମହାତ୍ମା ଗାନ୍ଧୀ ସଭାଗୃହରେ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ଅତିଥି ଭାବେ ଜିଲ୍ଲା ପରିଷଦ ସଭାପତି ନାରାୟଣ ପ୍ରଧାନ ଯୋଗଦେଇଥିଲେ। ସମ୍ମାନିତ ଅତିଥିଭାବେ ଜିଲ୍ଲାପାଳ ଦତ୍ତାତ୍ରୟ ଭାଓ ସାହେବ ଶିନ୍ଦେ ଓ ଅତିରିକ୍ତ ଜିଲ୍ଲାପାଳ ଭାବେଶ ନାୟକ ପ୍ରମୁଖ ଯୋଗଦେଇଥିଲେ। ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ଶ୍ରୀଯୁକ୍ତ ମାଝୀ ସଭାପତିତ୍ୱ କରିଥିବା ବେଳେ ଜିଲ୍ଲାସୁରକ୍ଷା ୟୁନିଟ ଏବଂ ଜିଲ୍ଲା ସୁରକ୍ଷା ମଙ୍ଗଳ କମିଟି ସଦସ୍ୟ, ସଦସ୍ୟାମାନେ କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ। ଚଳିତ ବର୍ଷ ମ୍ୟାଟ୍ରିକ ପରୀକ୍ଷାରେ ୮୦ ପ୍ରତିଶତରୁ ଉର୍ଦ୍ଧ୍ୱ ନମ୍ବର ରଖିଥିବା ୯ ଜଣ କୃତି ଛାତ୍ରଛାତୀଙ୍କୁ ୫ ହଜାର ଟଙ୍କା ଲେଖାଏଁ ବୃ[illegible] ପ୍ରଦାନ କରାଯାଇଥିଲା। ସେହିପରି "ସୁକନ୍ୟା ସମୃଦ୍ଧି" ଯୋଜନାରେ ୧୪ ଜଣ ଛାତ୍ରୀଙ୍କ ଆକାଉଣ୍ଟ ଖୋଲାଯାଇ ପାଶ ବୁକ୍ ପ୍ରଦାନ କରାଯାଇଥିଲା। ୧୮ ବର୍ଷ ପର୍ଯ୍ୟନ୍ତ ସେମାନଙ୍କ ଆକାଉଣ୍ଟକୁ ୨ ହଜାର ଟଙ୍କା ଜମା କରାଯିବ ବୋଲି ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ଶ୍ରୀ ମାଝୀ ବକ୍ତବ୍ୟରେ କହିଥିଲେ।

## ଅବକାରୀ ବିଭାଗ ପକ୍ଷରୁ ଚଢାଉ, ଦେଶୀ ମଦ ଜବତ

ଖୋର୍ଦ୍ଧା (ପିଏନ୍)-ଖୋର୍ଦ୍ଧା ଜିଲ୍ଲା ଅବକାରୀ ବିଭାଗ ପକ୍ଷରୁ ବେଗୁନିଆ ଥାନା ଅନ୍ତର୍ଗତ ରାସୋଳ ଗ୍ରାମରେ ଦେଶୀ ରନ୍ଧା ମଦ ଭାଟି ଉପରେ ଚଢାଉ କରାଯାଇଥିଲା। ଏହି ଚଢାଉ ବେଳେ ୧ହଜାର ୨୦ ଲିଟର ଦେଶୀ ମଦ ଜବତ କରାଯିବା ସହ ଆବଶ୍ୟକୀୟ ସରଂଜାମ ସହ ଗୋଟିଏ ମାରୁତି କାର ଜବତ କରାଯାଇଥିଲା। ଏଥିରେ ମଦ ପ୍ରସ୍ତୁତ କରୁଥିବା ରାସୋଳ ଗ୍ରାମର ରଜନୀକାନ୍ତ ପାଇକରାୟ କୌଣସି ସୂତ୍ରରୁ ଖବର ପାଇ ଘଟଣାସ୍ଥଳରୁ ଫେରାର ହୋଇ ଯାଇଥିଲେ ବୋଲି ଜିଲ୍ଲା ଅବକାରୀ ବିଭାଗର ନିରୀକ୍ଷକ ଭୈରବ ସାହୁଙ୍କ ଠାରୁ ପ୍ରକାଶ। ଏ ନେଇ ଜିଲ୍ଲା ଭ୍ରାମ୍ୟମାଣ ଅବକାରୀ ନିରୀକ୍ଷକ ରାଜଶେଖର ସ୍ୱାଇଁ, ଭ୍ରାମ୍ୟମାଣ ଉପ-ନିରୀକ୍ଷକ ବି ମନୋଜ କୁମାର, ବେଗୁନିଆ ଓଆଇସି ରାଜେନ୍ଦ୍ର ଜେସ ଓ ଖୋର୍ଦ୍ଧା, ବେଗୁନିଆର ଭ୍ରାମ୍ୟମାଣ କର୍ମଚାରୀମାନେ ଅଂଶଗ୍ରହଣ କରିଥିଲେ।

# ଭ୍ରାନ୍ତିହୀନ କ୍ରାନ୍ତିକାରୀ ପ୍ରାଣନାଥ



ମାନବ ସମାଜର ଅଗ୍ରଗତି ପଥରେ ଯେଉଁସବୁ ପ୍ରତିବନ୍ଧକ ରହିଛି ତାକୁ ହଟାଇ ସ୍ଥିତାବସ୍ଥା ବଦଳରେ ନୂତନ ପ୍ରଗତିଶୀଳ ବ୍ୟବସ୍ଥାକୁ ଯିବାର ନାମ କ୍ରାନ୍ତି। ସ୍ୱର୍ଗୀୟ ପ୍ରାଣନାଥ ପଟ୍ଟନାୟକ ଥିଲେ ଏହି କ୍ରାନ୍ତି ପଥର ଯାତ୍ରୀ। ତେଣୁ ସେ ଥିଲେ କ୍ରାନ୍ତିକାରୀ। ଅତି ସରଳ ଭାବରେ ବୁଝିବାକୁ ଗଲେ ସେ ଥିଲେ ଜଣେ ଉତ୍ସର୍ଗୀକୃତ ସଂଗ୍ରାମୀ, ସମାଜ ସଂସ୍କାରକ, ବାମପନ୍ଥୀ ଚିନ୍ତାଧାରାର ପ୍ରବକ୍ତା, ପ୍ରଗତିବାଦର ଜନନେତା, ଶିକ୍ଷାର ପ୍ରସାରରେ ଅଗ୍ରଣୀ, ଆସନ୍ତାକାଲିର ସାହିତ୍ୟ ଲେଖକ।

ଗୋଟିଏ ସମ୍ଭ୍ରାନ୍ତ ବଂଶରେ ଜନ୍ମଲାଭ କରି ଉଚ୍ଚଶିକ୍ଷା ଲାଭ କରିଥିବା ଯୁବକ ପ୍ରାଣନାଥ ପଟ୍ଟନାୟକ ଉଚ୍ଚ ଚାକିରିର ମୋହ ତ୍ୟାଗ କରି ଐତିହାସିକ ଆବଶ୍ୟକତାର ଆହ୍ୱାନକୁ ସ୍ୱାଗତ ଜଣାଇ ଏବଂ ଗାନ୍ଧି, ଗୋପବନ୍ଧୁଙ୍କୁ ନିଜ ଜୀବନର ଆଦର୍ଶ ରୂପେ ଗ୍ରହଣ କରିନେଇ ଜାତୀୟ ମୁକ୍ତି ଆନ୍ଦୋଳନକୁ ଲମ୍ଫ ଦେଇଥିଲେ। ଜୀବନର ଶେଷ ସମୟ ପର୍ଯ୍ୟନ୍ତ ସେ ଥିଲେ କ୍ରାନ୍ତିକାରୀ ଓ କ୍ରାନ୍ତିପଥର ପଥିକ। ୧୯୩୬ରେ ଓଡ଼ିଶାରେ କୃଷକ ସଙ୍ଗଠନ ଗଠିତ ହେଲା। ପ୍ରାଣନାଥ ପଟ୍ଟନାୟକ ସେହି ସଙ୍ଗଠନର ମୁଖ୍ୟ କର୍ତ୍ତା ଭାବେ ରହିଥିଲେ। ଦୀର୍ଘବର୍ଷ ଧରି ରାଜ୍ୟ କୃଷକ ସଭାର ସେ ସଭାପତି ରହି କୃଷକ ଆନ୍ଦୋଳନକୁ ନେତୃତ୍ୱ ଦେଉଥିଲେ। ମାର୍କ୍ସବାଦର ବୈଜ୍ଞାନିକ ସାମ୍ୟବାଦ ତତ୍ତ୍ୱରେ ଉଦ୍‌ବୁଦ୍ଧ ହୋଇ କଲିକତାରେ କମ୍ୟୁନିଷ୍ଟ ପାର୍ଟି ଗଠିତ ହେଲା। ଭଗବତୀ ଚରଣ ପାଣିଗ୍ରାହୀ ଏହାର ସମ୍ପାଦକ ରହିଥିଲେ। ତେଣୁ ଓଡ଼ିଶାରେ କମ୍ୟୁନିଷ୍ଟ ପାର୍ଟିର ସେ ଥିଲେ ଅନ୍ୟତମ ସ୍ରଷ୍ଟା।

ସ୍ୱାଧୀନତା ପରେ ମଧ୍ୟ ସେ ଦୀର୍ଘଦିନ ଆତ୍ମଗୋପନ କରି ଶେଷରେ ୧୯୪୮ରୁ ୫୨ ପର୍ଯ୍ୟନ୍ତ ଅଟକବନ୍ଦୀ ହୋଇ ରହିବା ସହିତ ୧୯୬୪ରେ ଦରଦାମ ବୃଦ୍ଧି, ବ୍ୟାଙ୍କ ଜାତୀୟକରଣ, ରଜାଙ୍କ ଭତ୍ତା କାଟ ଦାବି ନେଇ ଆନ୍ଦୋଳନ କରି ଦୀର୍ଘ ଛଅ ମାସରୁ ଉର୍ଦ୍ଧ୍ୱକାଳ ବନ୍ଦୀ ଜୀବନ କଟାଇଥିଲେ। ସେ ଜଣେ ନିର୍ଭୀକ ସଂଗ୍ରାମୀ ଭାବେ ଏସବୁ ଦଣ୍ଡକୁ ସହ୍ୟକରି ନେଉଥିଲେ। ଖୋର୍ଦ୍ଧାବାସୀଙ୍କ ଶ୍ରଦ୍ଧା ପାଇ ସେ ଓଡ଼ିଶା ବିଧାନସଭାକୁ ୧୯୩୬/୩୭ରେ ଓ ସ୍ୱାଧୀନତା ପରେ ୧୯୫୭ରେ ବିଧାୟକ ଭାବେ ନିର୍ବାଚିତ ହୋଇ ଆସିଥିଲେ। ଜଣେ ବିଧାୟକ ଭାବେ ତାଙ୍କର ଯଥେଷ୍ଟ ସମ୍ମାନ ଓ ଖ୍ୟାତି ଥିଲା। ପ୍ରାଣନାଥ ପଟ୍ଟନାୟକ କେବଳ ଏକ ନାମ ନୁହେଁ। ଏହା ଏକ କ୍ରାନ୍ତିକାରୀ ସଙ୍ଗଠନ, ଏକ କ୍ରାନ୍ତିକାରୀ ତତ୍ତ୍ୱ, ଏକ କ୍ରାନ୍ତିକାରୀ ଇତିହାସ। ଆଗକୁ ଆଲୋକ ଦେଖାଉଥିବା ଏକ ଉଜ୍ଜ୍ୱଳ ନକ୍ଷତ୍ର।

## କର୍କଟ ପୀଡ଼ିତଙ୍କୁ ସହାୟତା ଯୋଗାଇଲା କଳ୍ପନା ଛକଟୋକା ସଂଘ

ଭୁବନେଶ୍ୱର (ପିଏନ୍): ସମାଜରେ ସାମାଜିକ ବିପ୍ଳବ ସୃଷ୍ଟି କରିବାରେ କଳ୍ପନା ଛକଟୋକା ସଂଘ ଏକ ସ୍ଥାନ ସୃଷ୍ଟି କରିପାରିଛି। ରାଜଧାନୀର ରାସ୍ତାକଡ଼ରେ ସମାଜ ମଙ୍ଗଳ ହୁଣ୍ଡି ପ୍ରତିଷ୍ଠା କରି ଅସହାୟ କର୍କଟ ରୋଗରେ ପୀଡ଼ିତ ଓ ପୀଡ଼ିତାଙ୍କ ମୁହଁରେ ଟିକେ ହସ ଫୁଟାଇବାରେ ସକ୍ଷମ ହୋଇପାରିଛି। ପାଞ୍ଚବର୍ଷ ପୂର୍ବରୁ ଯୁବକମାନଙ୍କଠାରୁ ହୁଣ୍ଡି ମାଧ୍ୟମରେ ଆଦାୟ ଅର୍ଥରାଶିକୁ ବର୍ତ୍ତମାନ ପର୍ଯ୍ୟନ୍ତ ୨୨ ଜଣ ମାରାତ୍ମକ କର୍କଟ ରୋଗୀଙ୍କୁ ନିଃସ୍ୱାର୍ଥପର ଭାବେ ତାର ସେବା ଜାରି ରଖିଛି। ରାଜଧାନୀର ବିଭିନ୍ନ ଖଟି ନିଶାମୁକ୍ତ, ହିଂସାମୁକ୍ତ ହେବା ସହ ସମାଜସେବାକୁ ଗୁରୁତ୍ୱ ଦେଇ ଭାଇଚାରା ବଜାୟ ରଖିବା ସଂଘର ଲକ୍ଷ୍ୟ ଓ ଉଦ୍ଦେଶ୍ୟ।

ଏହାକୁ ଆଖି ଆଗରେ ରଖି କଳ୍ପନା ଛକଟୋକା ସଂଘର ୨୩ତମ ସମାଜ ମଙ୍ଗଳ ହୁଣ୍ଡିଦାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ସମାଜମଙ୍ଗଳ ହୁଣ୍ଡିର ପ୍ରତିଷ୍ଠାତା ନାରାୟଣ ଚନ୍ଦ୍ର ଓଝାଙ୍କ ସଭାପତିତ୍ୱରେ ମୁଖ୍ୟ ଅତିଥି ଭାବେ ମଧ୍ୟ ବିଧାୟକ ଶ୍ରୀଯୁକ୍ତ ଅନନ୍ତ ନାରାୟଣ ଜେନା ଯୋଗଦେଇ ସମାଜମଙ୍ଗଳ ହୁଣ୍ଡିର ମହାନ କାର୍ଯ୍ୟକୁ ଭୂୟସୀ ପ୍ରଶଂସା କରିଥିଲେ। ହୁଣ୍ଡିରୁ ଆଦାୟ ମୋଟ ତିରିଶି ହଜାର ପାଞ୍ଚଶହ ଏକ ଟଙ୍କା ଅର୍ଥରାଶି ବ୍ରହ୍ମେଶ୍ୱରପୁର, ଡେଲାଙ୍ଗ, ପିପିଲି ଅଞ୍ଚଳର କର୍କଟ ପୀଡ଼ିତ ସତ୍ୟପ୍ରିୟ ନାୟକଙ୍କୁ ଅତିଥିମାନଙ୍କ ଉପସ୍ଥିତିରେ ପ୍ରଦାନ କରାଯାଇଥିଲା।

ସମ୍ମାନିତ ଅତିଥି ଭାବେ ଏସିପି ବିଷ୍ଣୁ ପ୍ରସାଦ ପାତ୍ର, କର୍ପୋରେଟର ଆଶିଷ ପଟ୍ଟନାୟକ, ସମାଜସେବୀ ଆଦିତ୍ୟ ଗଜେନ୍ଦ୍ର, ଯୁବନେତା ସଂଗ୍ରାମ ମାର୍ଥା, ପ୍ରଯୋଜକ ଶ୍ରୀଧର ମାର୍ଥା, ସମାଜସେବୀ ତଥା କବୟିତ୍ରୀ ବନ୍ଦନା ହରିଚନ୍ଦନ, ସ୍ତମ୍ଭକାର ସୃଷ୍ଟିକୀର୍ତ୍ତି ତ୍ରିପାଠୀ, ସମାଜସେବୀ ମନସ୍ମିତା ଜେନା, ସମାଜସେବୀ ସସ୍ମିତା ଦାସ, ସମାଜସେବୀ ଲିପିକା ରାୟ, ନାଟ୍ୟ ପ୍ରାଧାପକ ଡା. ଅସିତ ଦାସ, ନିର୍ଦ୍ଦେଶକ ଶିବଶଙ୍କର ତ୍ରିପାଠୀ, ଅଭିନେତା ବୁଲୁ ପଣ୍ଡା, ଯାତ୍ରା ନାୟକ ହୃଷିକେଶ ମିଶ୍ର ପ୍ରମୁଖ ଯୋଗ ଦେଇଥିଲେ। ସଂଘର ସଭାପତି ଧୀରେନ ରାଉତରାୟ ଧନ୍ୟବାଦ ଅର୍ପଣ କରିଥିଲେ। ଉପସଭାପତି ପବିତ୍ର ଗଜେନ୍ଦ୍ର, ରୋହିତ କୁମାର, ସଞ୍ଜୟ ପରିଡ଼ା, ପ୍ରମୋଦ କୁମାର ପତି, ଗୁରୁପଦ ନାଥ, ବାସୁଭ ଦାସ, ତନ୍ମୟ ସାମନ୍ତରାୟ, ବାବୁଲା ପରିଡ଼ା, ସ୍ନିଗ୍ଧା ମହାନ୍ତି, ରୂପଶ୍ରୀ ସାହୁ, ବର୍ଷା ଦାସ, ଇମନ ମହାନ୍ତି, ଜ୍ୟୋତିର୍ମୟୀ ପଣ୍ଡା, ନିରଞ୍ଜନ ସାହୁ, ରାଜକୁମାର, ସନ୍ଧ୍ୟାରାଣୀ ପ୍ରମୁଖ କାର୍ଯ୍ୟକ୍ରମର ପରିଚାଳନା କରିଥିଲେ।

## କଂଗ୍ରେସ କର୍ମୀଙ୍କୁ ପିସିସି ସଭାପତିଙ୍କ ଧନ୍ୟବାଦ ଜ୍ଞାପନ

ରାଉରକେଲା (ପିଏନ୍): ପ୍ରଦେଶ କଂଗ୍ରେସ ସଭାପତି ଶ୍ରୀ ଶରତ ପଟ୍ଟନାୟକ ତାଙ୍କର ୩ ଦିନିଆ ରାଉରକେଲା ଓ ସୁନ୍ଦରଗଡ ଗସ୍ତ ସାରି ଭୁବନେଶ୍ୱର ଅଭିମୁଖେ ଯାତ୍ରା କରିଛନ୍ତି। ତାଙ୍କର ଏହି ଗସ୍ତ କାଳରେ ରାଉରକେଲା ଜିଲ୍ଲା କଂଗ୍ରେସ ତରଫରୁ ହଜାର ହଜାର ସଂଖ୍ୟାରେ କଂଗ୍ରେସ କର୍ମୀ ତାଙ୍କୁ ସ୍ୱାଗତ କରି ସମ୍ବର୍ଦ୍ଧିତ କରିଥିଲେ। ସେହିପରି ସୁନ୍ଦରଗଡ ଜିଲ୍ଲା କଂଗ୍ରେସ ତରଫରୁ ମଧ୍ୟ ସୁନ୍ଦରଗଡରେ ଶ୍ରୀ ପଟ୍ଟନାୟକଙ୍କୁ ବିପୁଳ ସ୍ୱାଗତ ସମ୍ବର୍ଦ୍ଧନା ଜ୍ଞାପନ କରାଯାଇଥିଲା। ରାଜଗାଙ୍ଗପୁରରେ ମଧ୍ୟ ଯୁବ କଂଗ୍ରେସ କର୍ମୀଙ୍କୁ ନେଇ ଏକ ମହତ୍ୱପୂର୍ଣ୍ଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏହି ସମସ୍ତ କାର୍ଯ୍ୟକ୍ରମରେ ଉଭୟ ଜିଲ୍ଲା କଂଗ୍ରେସର କର୍ମକର୍ତ୍ତା ଓ କର୍ମୀ ତଥା ବରିଷ୍ଠ କଂଗ୍ରେସ ନେତୃବୃନ୍ଦ, ଯୁବ କଂଗ୍ରେସ, ଛାତ୍ର କଂଗ୍ରେସ, ମହିଳା କଂଗ୍ରେସ, କଂଗ୍ରେସ ସେବାଦଳ, କଂଗ୍ରେସର ଏସ୍‌ଟି ସେଲ୍, ଏସ୍‌ସି ସେଲ୍, ଓବିସି ସେଲ୍, ସଂଖ୍ୟାଲଘୁ ସେଲ୍, ଲିଗାଲ ସେଲ୍, କିସାନ ସେଲ୍, ମତ୍ସ୍ୟଜୀବି ସେଲ୍, ଅସଙ୍ଗଠିତ ଶ୍ରମିକ ସେଲ୍, ଆଇଏନ୍‌ଟିୟୁସି ଇତ୍ୟାଦିର ସମସ୍ତ କର୍ମକର୍ତ୍ତା ଓ କର୍ମୀମାନେ ଶ୍ରୀ ପଟ୍ଟନାୟକଙ୍କୁ ଯେପରି ବିପୁଳ ସ୍ୱାଗତ ସମ୍ବର୍ଦ୍ଧନା ଜଣାଇ ଅତି ସୁନ୍ଦର ଭାବରେ ବିଭିନ୍ନ କାର୍ଯ୍ୟକ୍ରମ ଆୟୋନଜ କଲେ ସେଥିପାଇଁ ଶ୍ରୀ ପଟ୍ଟନାୟକ ସମସ୍ତଙ୍କୁ ଆନ୍ତରିକ ଧନ୍ୟବାଦ ଜ୍ଞାପନ କରିଛନ୍ତି। ଏହିସବୁ କାର୍ଯ୍ୟକ୍ରମକୁ ଯେପରି ସ୍ଥାନୀୟ ଗଣମାଧ୍ୟମ ପ୍ରତିନିଧି, ପୁଲିସ୍ ପ୍ରଶାସନ ତଥା ସହରବାସୀଙ୍କ ତରଫରୁ ବିଶେଷ ସହଯୋଗ ମିଳିଲା ସେଥିପାଇଁ ସେମାନଙ୍କୁ ଶ୍ରୀ ପଟ୍ଟନାୟକ ବିଶେଷ ଧନ୍ୟବାଦ ଜ୍ଞାପନ କରିଛନ୍ତି୍ ବୋଲି ଏକ ପ୍ରେସ୍ ବିବୃତିରେ ରାଉରକେଲା ଜିଲ୍ଲା କଂଗ୍ରେସ ତରଫରୁ କୁହାଯାଇଛି।

## ଶିକ୍ଷାବିତ୍ ଭଗବାନ ପଟ୍ଟନାୟକଙ୍କ ସ୍ମୃତିସଭା

ଖୋର୍ଦ୍ଧା (ପିଏନ୍): ଖୋର୍ଦ୍ଧା ଶିକ୍ଷାଜିଲ୍ଲା ଜିଲ୍ଲା ସମ୍ମାନପ୍ରାପ୍ତ ଶିକ୍ଷକ ଭଗବାନ ପଟ୍ଟନାୟକଙ୍କ ପ୍ରଥମ ଶ୍ରାଦ୍ଧବାର୍ଷିକୀ ସ୍ମୃତିସଭା ଜନ୍ମସ୍ଥାନ ବାଂକୋଇ ଠାରେ ଐତିହାସିକ ସତ୍ୟବାଦୀ ବଳିଆରସିଂହଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ସ୍ୱର୍ଗତ ପଟ୍ଟନାୟକ ବିଭିନ୍ନ ବିଷୟରେ ଗଭୀର ଜ୍ଞାନର ଅଧିକାରୀ ହୋଇ ଆଦର୍ଶ ଶିକ୍ଷକ ଭାବେ ସୁନାମ ଅର୍ଜନ କରିଥିଲେ ବୋଲି ସ୍ମୃତିସଭାରେ ମତପ୍ରକାଶ ପାଇଥିଲା। ଏହି କାର୍ଯ୍ୟକ୍ରମରେ ଐତିହାସିକ ରବୀନ୍ଦ୍ରନାଥ ପରିଡ଼ା ମୁଖ୍ୟଅତିଥି, ଶିକ୍ଷାବିତ୍ ହରିବନ୍ଧୁ ସାହୁ ମୁଖ୍ୟବକ୍ତା, ରାଜ୍ୟ ପ୍ରାଥମିକ ଶିକ୍ଷକ ସଂଘର ଉପସଭାନେତ୍ରୀ ସଂଗୀତା ଦାଶ ସ୍ୱତଂତ୍ର ଅତିଥି ଏବଂ ସମ୍ମାନିତ ଅତିଥି ଭାବେ କୃଷି ବିଭାଗର ଅବସରପ୍ରାପ୍ତ ନିର୍ଦ୍ଦେଶକ ଡ. କେଶବ ଚନ୍ଦ୍ର ଭୋଳ, ବାଲ୍ମୀକ ବଳିଆରସିଂହ, ଗୋବିନ୍ଦ ଚନ୍ଦ୍ର ସାହୁ ପ୍ରମୁଖ ଯୋଗଦେଇ ସ୍ୱର୍ଗତ ଶିକ୍ଷକଙ୍କ ବହୁମୁଖୀ ଗୁଣାବଳିର ସ୍ମୃତିଚାରଣ କରିଥିଲେ। ଏହି ଅବସରରେ ସ୍ୱର୍ଗତ ପଟ୍ଟନାୟକଙ୍କ ଜୀବନୀ ଆଧାରିତ ସ୍ମରଣିକା 'ଜ୍ଞାନଦୀପ୍ତ' ଉନ୍ମୋଚିତ ହୋଇଥିଲା। ଭଗବାନ ପଟ୍ଟନାୟକ ସ୍ମୃତି ସଂସଦ ପକ୍ଷରୁ ଶିକ୍ଷାବିତ୍ ସଂଗୀତା ଦାଶ, ଖୋର୍ଦ୍ଧାର କବୟିତ୍ରୀ ସୁବାସିନୀ ପଟ୍ଟନାୟକ, ଟାଂଗୀର ଶିକ୍ଷକନେତା ପ୍ରସନ୍ନ ଶ୍ରୀଚନ୍ଦନଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଡ. କୃଷ୍ଣଚନ୍ଦ୍ର ପଟ୍ଟନାୟକ ଅତିଥଇ ପରିଚୟ ଓ ସ୍ୱାଗତ ଭାଷଣ ଦେଇଥିବାବେଳେ କନ୍ୟା ମଂଜୁଶ୍ରୀ ପଟ୍ଟନାୟକ ଧନ୍ୟବାଦ ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ସୁକାନ୍ତ ଦାସ, ପ୍ରାଣକୃଷ୍ଣ ପାତ୍ର, ବାସୁଦେବ ସିଂହ, ଫଂଚୁ ଭାରିମଲ୍ଲ, ଚିନ୍ତାମଣି ବିଶ୍ୱାଳ, ଡ. ବିବେକାନନ୍ଦ ସ୍ୱାଇଁ, ଗୀତାରାଣୀ ମହାପାତ୍ର ପ୍ରମୁଖ ତାଂକର ବହୁମୁଖୀ ଗୁଣାବଳି ଉପରେ ଆଲୋକପାତ କରିଥିଲେ। ପୁତ୍ର ଶିଶିର କୁମାର ପଟ୍ଟନାୟକ, ଶରତ କୁମାର ପଟ୍ଟନାୟକ, ଗୀତାଂଜଳି ହରିଚନ୍ଦନ, ନିଗମ ପ୍ରସାଦ ହରିଚନ୍ଦନ, ସତ୍ୟାନନ୍ଦ ଜଗଦ୍ଦେବ, ଆଶୁତୋଷ ପଟ୍ଟନାୟକ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ମହିଳା ଓ ଶିଶୁ ଡେସ୍କ ଅଧିକାରୀଙ୍କ କର୍ମଶାଳା

ବାଲେଶ୍ୱର (ପିଏନ୍)- ରାଜ୍ୟ ପୁଲିସ ବିଭାଗ ଅଧୀନରେ ଥିବା ଥାନାଗୁଡ଼ିକରେ ଖୋଲିଥିବା ମହିଳା ଓ ଶିଶୁ ଡେସ୍କରେ କର୍ମରତ ପୁଲିସ କର୍ମଚାରୀମାନଙ୍କର ଦୁଇଦିନିଆ କର୍ମଶାଳା ନୋସୀ ବିଜନେସ ପାର୍କ ସମ୍ମିଳନୀରେ ଉଦ୍‌ଘାଟିତ ହୋଇଯାଇଛି। ଏଥିରେ ଅତିଥି ଭବେ ବିଭାଗୀୟ ଏ.ଡ଼ି.ଜି ରେଖା ଲୋହାନି, ସମ୍ମାନିତ ଅତିଥି ଭାବେ ପୂର୍ବାଞ୍ଚଳ ରେଞ୍ଜ ଆଇ.ଜି ହିମାଂଶୁ ଲାଲ ଓ ଜିଲ୍ଲା ଆରକ୍ଷୀ ଅଧିକ୍ଷକ ସୁଧାଂଶୁ ଶେଖର ମିଶ୍ର ପ୍ରମୁଖ ଶିଶୁ ଓ ମହିଳା ମାନଙ୍କ ଉପରେ ହେଉଥିବା ଅତ୍ୟାଚାର ଓ ଏତଲା ଥାନାରେ ଦେବାପରେ ଡେସ୍କ ପକ୍ଷରୁ କିଭଳି ପଦକ୍ଷେପ ନିଆଯିବ ସେ ସମ୍ପର୍କରେ ବୁଝାଇଥିଲେ। ଚାଇଲ୍ଡ ଲାଇନ ଓ ୟୁନିସେଫର ବୈଷୟିକ ସହଯୋଗରେ ଆୟୋଜିତ କର୍ମଶାଳାରେ ଚାଇଲ୍ଡ ଲାଇନ ପକ୍ଷରୁ ନିଯୁକ୍ତ ରିଶୋର୍ସ ପର୍ସନ ତଥା ଟ୍ରେନର କେ. ରମେଶ, ରାଜୁ କୋଟାଇ ଏବଂ ଆରକା ଲାହା ପ୍ରମୁଖ ଭଦ୍ରକ ଯାଜପୁର ଓ ବାଲେଶ୍ୱର ଜିଲ୍ଲାର ବିଭିନ୍ନ ଥାନାରୁ ଆସିଥିବା ପୁଲିସ ଅଧିକାରୀମାନେ ଉପସ୍ଥିତ ରହି ଟ୍ରେନରମାନଙ୍କ ବିଭିନ୍ନ ପ୍ରଶ୍ନଗୁଡ଼ିକର ଉତ୍ତର ଦେଇଥିଲେ। ଟ୍ରେନରମାନେ ମୁଖ୍ୟତଃ ୩୫ଟି ପ୍ରସଙ୍ଗ ଉପରେ ବୁଝାଇଥିଲେ।


**DISPLAY CLASSIFIED**

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

Phagyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ‘କାଗଜ ଗୁଡି’ର ଶୁଭମହୁରତ୍

ଭୁବନଶ୍ୱେର,(ପିଏନ): ସୁମିତ୍ରା ଏଂଟରଟେନ୍‌ମେଂଟ୍ ନିବେଦିତ ଓଡିଆ ଚଳଚ୍ଚିତ୍ର ‘ମନ ମୋର କାଗଜଗୁଡି’ର ମହୁରତ ହୋଇଯାଇଛି। ନିକୋପାର୍କ ନିକଟସ୍ଥ ସୁନାଦେଇ ମନ୍ଦିରରେ ଆୟୋଜିତ ଏହି ମହୁରତ ଉତ୍ସବରେ ମାନ୍ୟବର ଭୁବନେଶ୍ୱର
ମଧ୍ୟ ବିଧାୟକ ଶ୍ରୀ ଅନନ୍ତ ନାରାୟଣ ଜେନା ମହୁରତ କ୍ଲାପ ଦେଇ ଚଳଚ୍ଚିତ୍ରର ଆନୁଷ୍ଠାନିକ ଭାବେ ଶୁଭାରମ୍ଭ ସହିତ ଟାଇଟଲ୍ ଉନ୍ମୋଚିତ କରିଥିଲେ। ରାକେଶ ଓ ଭୂମିକାଙ୍କ ଅଭିନୀତ ଏହି ଚଳଚ୍ଚିତ୍ରର ନିର୍ଦ୍ଦେଶନା ଦେଉଛନ୍ତି ଡିରେକ୍ଟର ଦେବଜ୍ୟୋତି ପାତ୍ର (ଦୀପୁ) । ଯଦିଓ ନିର୍ଦ୍ଦେଶକ ଭାବେ ଏହା ତାଙ୍କର ପ୍ରଥମ ସିନେମା ହେବ ତେବେ ଷାଠିଏରୁ ଉର୍ଦ୍ଧ୍ୱ ସିନେମାର ସେ ଚିଫ୍ ଭାଇ। ଗୀତରଚନା କରିଛନ୍ତି ବସନ୍ତରାଜ ସାମଲ ଓ ସୁବ୍ରତ ସ୍ୱାଇଁ। ଦିବ୍ୟସିଂହ ରାୟଙ୍କ ରଚିତ କାହାଣୀରେ ସଂଳାପ ଦେଇଛନ୍ତି ମାନସ ପଢିଆରୀ। ସୋମିଓ ସିନେମାଟୋଗ୍ରାଫର ଥିବାବେଳେ ମୁଖ୍ୟ ସହକାରୀ ନିର୍ଦ୍ଦେଶକ ଓ ସହକାରୀ ନିର୍ଦ୍ଦେଶକ ଅଛନ୍ତି ସ୍ୱାଗତ ପାତ୍ର ଏବଂ ଜୁନିୟର ସିଦ୍ଧାନ୍ତ। ମେକ୍ ଅପ୍‌ରେ ରାଜୁ, କେଶବିନ୍ୟାସରେ ତୁଳସୀ ଓ କଳାରେ ନବଘନ ଦଳେଇ ଥିବାବେଳେ ବ୍ୟବସ୍ଥାପନାରେ ଅଛନ୍ତି ସର୍ବେଶ୍ୱର ସୂତାର। ଚଳଚ୍ଚିତ୍ରର ପ୍ରଚାର ଓ ପ୍ରସାର ଦାୟିତ୍ୱ ବହନ କରିଛନ୍ତି ‘ବେଷ୍ଟ ଆଇଡିଆଜ୍’। ‘ମନ ମୋର କାଗଜ ଗୁଡି’ ଶୀର୍ଷକରେ ନିର୍ମିତ ଏହି ଚଳଚ୍ଚିତ୍ରର କାହାଣୀ ସମ୍ପୂର୍ଣ୍ଣ ଭିନ୍ନ ଧରଣର। ଓଡିଆ ଚଳଚ୍ଚିତ୍ରର ଶିକାର ହୋଇ ଯୁବ ପିଢି କିପରି ଅବାଟରେ ପାଦ ରଖୁଛନ୍ତି ଓ ନିଶା କବଳରେ କବଳିତ ହେଉଛନ୍ତି, ତାର ନଜିର ରହିଛି ଏଥିରେ। ବାଟବଣା ଯୁବ ବର୍ଗଙ୍କୁ ବାଟକୁ ଆଣିବାକୁ ସୁମିତ୍ରା ଏଂଟରଟେନ୍ ମେଂଟ୍‌ର ଏ ପ୍ରୟାସ। କାହାଣୀରେ ମନୋରଞ୍ଜନର ଭରପୂର ମସଲା ରହିଛି। ସବୁ ବର୍ଗର ଦର୍ଶକଙ୍କୁ ଏହା ପସନ୍ଦ ଆସିବ। ଏହା ଏକ ବ୍ୟୟବହୁଳ ଛବି ହୋଇଥିବା ବେଳେ ଗୀତଗୁଡିକ
ବାହାର ଲୋକେସନରେ ସୁଟିଂ କରାଯିବାର ଯୋଜନା ରହିଛି। ସିନେମା ପାଇଁ କେବଳ ସିନେମା ନୁହେଁ। କରୋନା ଯୋଗୁ ଠପ୍ ହୋଇଯାଇଛି ସିନେମା ଶିଳ୍ପ। କଳାକାର ଓ ଟେକ୍ନିସିଆନଙ୍କ ହାତରେ ପ୍ରାୟତଃ କାମ ନାହିଁ। ନାହିଁ ନଥିବା




ଅସୁବିଧା ଭୋଗୁଛନ୍ତି ସମସ୍ତେ। ଏଣୁ ସୁମିତ୍ରା ଏଂଟରଟେନ୍‌ମେଂଟ୍ ପକ୍ଷରୁ କଳାକାର ଓ ଟେକ୍ନିସିଆନ୍‌ମାନଙ୍କୁ କାମ ଯୋଗାଇଦେବା ଉଦ୍ଦେଶ୍ୟ ନେଇ ଏହି ଚଳଚ୍ଚିତ୍ରର ଯୋଜନା କରାଯାଇଛି ବୋଲି ସ୍ପଷ୍ଟ କରିଛନ୍ତି ପ୍ରଯୋଜକ ଶିବିର କୁମାର ପରିଡା। ମହୁରତ ଉତ୍ସବରେ ଏହାର ସମସ୍ତ କଳାକାର ଓ ଟେକ୍ନିସିଆନଙ୍କ ସମେତ ଓଲିଉଡର ସହ ସମ୍ପୃକ୍ତ ବହୁ ନାମୀଦାମୀ ବ୍ୟକ୍ତିବିଶେଷ ଯୋଗ ଦେଇଥିଲେ। ନଭେମ୍ବର ୧୩ ତାରିଖରେ ‘ମନମୋର କାଗଜଗୁଡି’ ଫ୍ଲୋରକୁ ଆସିବ ବୋଲି ସୂଚନା ରହିଛି।

ଏସୋସିଏଟ୍ ଡିରେକ୍ଟର ଭାବେ କାମ କରିସାରିଛନ୍ତି। ନାୟକ ନାୟିକା ଭାବେ ନଜର ଆସିବେ ୟଙ୍ଗ୍ ସେନ୍‌ସେସନ ରାକେଶ ଓ ଭୂମିକା। ରାକେଶ ଓ ଭୂମିକା ଯୋଡିର ଏହା ପ୍ରଥମ ଚଳଚ୍ଚିତ୍ର। ଅନ୍ୟାନ୍ୟ ଭୂମିକାରେ ପ୍ରୀତିରାଜ ଶତପଥୀ, ଐଶ୍ୱର୍ଯ୍ୟା ବେହେରା, ମମତା ଦାଶ, ବୀରେନ୍ ମିଶ୍ର, ଗୁଡୁ, ଜ୍ଞାନ ପ୍ରମୁଖଙ୍କୁ ଦେଖିବାକୁ ମିଳିବ। ଯୁବ ଉଦ୍ୟୋଗୀ ଶିବିର ପରିଡା ଓ ଲକ୍ଷ୍ମୀପ୍ରିୟା ପରିଡାଙ୍କ ପ୍ରଯୋଜନାରେ ନିର୍ମିତ ‘ମନ ମୋର କାଗଜ ଗୁଡି’ର ସହ ପ୍ରଯୋଜକ ଅଛନ୍ତି ବିବେକାନନ୍ଦ ବାରିକ ଓ ପାର୍ବତୀ ବାରିକ। ସଙ୍ଗୀତ ଦେଇଛନ୍ତି ଜାପାନୀ ଶୀର୍ଷକରେ ଇଂରାଜୀ ଓ ହିନ୍ଦୀ ଶବ୍ଦର ବ୍ୟବହାରକୁ ନେଇ ଦର୍ଶକ ଓ ସମାଲୋଚକମାନେ ପ୍ରଶ୍ନ ଉଠାଇ ଆସିଛନ୍ତି। ସେ ଦୃଷ୍ଟିରୁ ଏହାର ଶୀର୍ଷକ ନିଆରା। ଏହା ଏମିତି ଏକ ଶୀର୍ଷକ ଯେଉଁଥିରେ ଓଡିଆତ୍ୱ ରହିଛି, ରହିଛି ଆପଣାପଣ। ଯେମିତି ମିଠା ସେମିତି ମନଛୁଆଁ। ଶୀର୍ଷକରୁ ହିଁ ଦର୍ଶକ ଅନୁମାନ କରିପାରିବେ ଯେ ଏହା ଏକ ମୌଳିକ କାହାଣୀ। କୌଣସି ସିନେମାର କପି ନୁହେଁ କି ଏଥିରେ କୌଣସି ସିନେମାର ଛାପ ନାହିଁ। ଆଉ ଏକ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ସାମ୍ପ୍ରତିକ ସମସ୍ୟା ଉପରେ ଏହା ଆଧାରିତ। ବିଭିନ୍ନ ପ୍ରକାର ଚାପର

# ଶ୍ରମିକ ବିରୋଧି ବି.ଜେ.ପି ଓ ବି.ଜେ.ଡ଼ି ପ୍ରାର୍ଥୀଙ୍କୁ ହରାଇବା ପାଇଁ ଶ୍ରମିକ କର୍ମଚାରୀ ବଦ୍ଧ ପରିକର




ଭୁବନେଶ୍ୱର,୨୭।୧୦(ପି.ଏନ): କେନ୍ଦ୍ରରେ ବି.ଜେ.ପି ସରକାର ଏବଂ ରାଜ୍ୟରେ ବି.ଜେ.ଡ଼ି ସରକାର କୃଷକ କର୍ମଚାରୀ ବିରୋଧି ହୋଇଥିବାରୁ ଆଗାମୀ ବାଲେଶ୍ୱର ଓ ତ୍ରିତୋଲ ବିଧାନସଭା ଉପନିର୍ବାଚନରେ ବି.ଜେ.ପି ଓ ବି.ଜେ.ଡ଼ି ପ୍ରାର୍ଥୀଙ୍କୁ ହରାଇ କଂଗ୍ରେସ ଦଳର ପ୍ରାର୍ଥୀ ମମତା କୁଣ୍ଡୁ ଓ ଜଗତସିଂହପୁର ପ୍ରାର୍ଥୀ ହିମାଂଶୁ ମଲ୍ଲିକଙ୍କୁ ଜିତାଇବା ପାଇଁ ଗତ ତା. ୨୨.୧୦.୨୦୨୦ ରିଖରେ ବାଲେଶ୍ୱର ଦୁର୍ଗା ଗାର୍ଡେନ ଠାରେ ଜାତୀୟ ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ଜାତୀୟ ଉପସଭାପତି, ଓଡ଼ିଶା ଶାଖାର ସଭାପତି ତଥା ପ୍ରାକ୍ତନ ସାଂସଦ ଡକ୍ଟର ରାମଚନ୍ଦ୍ର ଖୁଂଟିଆଙ୍କ ପୌରାହିତରେ ଅନୁଷ୍ଠିତ ରାଷ୍ଟ୍ରୀୟ ମଜଦୁର କଂଗ୍ରେସର ଆଂଚଳିକ ସମ୍ମିଳନୀରେ ନିଷ୍ପତି ନିଆଯାଇଛି। ଏହି ସମ୍ମିଳନୀରେ ଏ.ଆ।ଇ.ଟି.ୟୁ.ସି., ସି.ଆଇ.ଟି.ୟୁ.,ଏଚ.ଏମ୍.ଏସ୍. ଏ.ଆଇ.ସି.ସି.ଟି.ୟୁ ପ୍ରଭୁତି ସମସ୍ତ କେନ୍ଦ୍ରୀୟ ଶ୍ରମିକ ସଂଗଠନକୁ ଶ୍ରମିକ କର୍ମଚାରୀ ବିରୋଧି ବି.ଜେ.ପି. ଓ ବି.ଜେ.ଡ଼ି ପ୍ରାର୍ଥୀଙ୍କୁ ହରାଇ କଂଗ୍ରେସ ଦଳର ପ୍ରାର୍ଥୀଙ୍କୁ ଜିତାଇବା ପାଇଁ ନିବେଦନ କରାଯାଇଛି। ଏହି ସମ୍ମିଳନୀକୁ ବିଧିବଧ ଭାବେ ଉଦ୍‌ଘାଟନ କରି ଅଖିଳ ଭାରତ କଂଗ୍ରେସ କମିଟିର ସାଧାରଣ ସଂପାଦକ ତଥା ସାଂସଦ ଡକ୍ଟର ଏ. ଚେଲ୍ଲା କୁମାର କହିଥିଲେ ଯେ, ରାଷ୍ଟ୍ରୀୟ ମଜଦୁର କଂଗ୍ରେସ କେବଳ ଭାରତ ନୁହେଁ ସାରା ପୃଥିବୀରେ ବୃହତମ ଶ୍ରମିକ ସଂଗଠନ। ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ଭାରତ ବର୍ଷରେ ପ୍ରଣିତ ସମସ୍ତ ଶ୍ରମ ଆଇନ ଗୁଡ଼ିକୁ ପ୍ରଣୟନ କରିବା ପାଇଁ ମୁଖ୍ୟ ଭୂମିକା ନେଇଥିଲେ। ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ରାଜନୈତିକ ଦୃଷ୍ଟି କୋଣରୁ କଂଗ୍ରେସକୁ ସମର୍ଥନ କରୁଥିଲେ ହେଁ ଶ୍ରମିକ କର୍ମଚାରୀଙ୍କ ସ୍ୱାର୍ଥ ପାଇଁ କଂଗ୍ରେସ ସରକାରଙ୍କ କାର୍ଯ୍ୟକୁ କେବେ ପ୍ରତିବାଦ କରିବା ପାଇଁ ପଛାଇ ନାହିଁ। ଏଣୁ ଏହି ପରିପ୍ରେକ୍ଷୀରେ ଶ୍ରମିକ କର୍ମଚାରୀ ଓ ଚାଷୀ ବିରୋଧି ମୋଦୀ ଓ ନବୀନ ପଟ୍ଟନାୟକଙ୍କ ପ୍ରାର୍ଥୀଙ୍କୁ ବାଲେଶ୍ୱର ଓ ତ୍ରିତୋଲରୁ ହରାଇ କଂଗ୍ରେସ ପ୍ରାର୍ଥୀଙ୍କୁ ଜିତାଇବା ପାଇଁ ନିବେଦନ କରିଥିଲେ। ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟିର ସଭାପତି ଶ୍ରୀଯୁକ୍ତ ନିରଞ୍ଜନ ପଟ୍ଟନାୟକ ମୁଖ୍ୟ ଅତିଥି ଭାବରେ ଏହି ସଭାରେ ଉଦ୍‌ବୋଧନ ଦେଇ କହିଥିଲେ ଯେ, ବାଲେଶ୍ୱରର ସମସ୍ତ ଉନ୍ନୟନ କାର୍ଯ୍ୟ ଓ କଳକାରଖାନା କେବଳ କଂଗ୍ରେସ ସମୟରେ ହିଁ ହୋଇଛି। ଅନ୍ୟ କୌଣସି ଦଳର ବାଲେଶ୍ୱର ସହରର ଉନ୍ନୟନ ପାଇଁ କିଛି ଅବଦାନ ନାହିଁ ଏବଂ କଂଗ୍ରେସ ପ୍ରାର୍ଥୀ ମମତା କୁଣ୍ଡୁ ଜଣେ ଦକ୍ଷ ନାରୀ ନେତ୍ରୀ, ତେଣୁ ତାଙ୍କୁ ବିପୁଳ ଭୋଟ ଦେଇ ଜୟଯୁକ୍ତ କରିବା ପାଇଁ ନିବେଦନ କରିଥିଲେ। ରାଜ୍ୟ ବିଧାନ ସଭା ଶ୍ରୀ ତାରା ବାହିନୀ ପତି, ବିଧାୟକ, ଶ୍ରୀ ସପ୍ତଗିରି ଉଲ୍ଲାକା, କୋରାପୁଟ ସାଂସଦ, ଶ୍ରୀଯୁକ୍ତ ପ୍ରଦୀପ ମାଝୀ, ପ୍ରାକ୍ତନ ସାଂସଦ ତଥା ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟିର କାର୍ଯ୍ୟକାରୀ ସଭାପତି ଓ ସୁଦର୍ଶନ ଦାସ ପ୍ରମୁଖ ଏହି ସଭାରେ ଉଦ୍‌ବୋଧନ ଦେଇ କଂଗ୍ରେସ ପ୍ରାର୍ଥୀନୀ ଶ୍ରୀମତୀ ମମତା କୁଣ୍ଡୁଙ୍କୁ ଜୟଯୁକ୍ତ କରିବା ପାଇଁ ନିବେଦନ କରିଥିଲେ। କଂଗ୍ରେସ ପ୍ରାର୍ଥୀନୀ ଶ୍ରୀମତୀ ମମତା କୁଣ୍ଡୁ ଏହି ସଭାରେ ଉଦ୍‌ବୋଧନ ଦେଇ ବାଲେଶ୍ୱର ସହରର ସମସ୍ତ କାର୍ଯ୍ୟ କରିବା ସଂଗେ ସଂଗେ ବି.ଜେ.ଡ଼ି ଓ ବି.ଜେ.ପି ସରକାର ବାଲେଶ୍ୱର ଅଧିବାସୀଙ୍କ ଆଶା ଆକାଂକ୍ଷା ପୂର୍ଣ୍ଣ କରିବା ପାଇଁ ସଂପୂର୍ଣ୍ଣ ବିଫଳ ହୋଇଥିବାରୁ ୩ ବର୍ଷ ତାଙ୍କୁ ସୁଯୋଗ ଦେବା ପାଇଁ ବିନମ୍ର ନିବେଦନ କରିଥିଲେ। ଡକ୍ଟର ଖୁଂଟିଆ, ପୂର୍ବତନ ସାଂସଦ ଏହି ସଭାରେ ପୌରାହିତ କରି ବାଲେଶ୍ୱର ଜିଲ୍ଲା ସଦର ମହକୁମା ମେଡ଼ିକାଲ କଲେଜ ଏବଂ ଇକ୍ଷକଗଝ ର ପ୍ରସ୍ତାବ କଂଗ୍ରେସ ସରକାର ସମୟରେ ଗୋଲାବ ନବୀ ଆଜାଦ ଘୋଷଣା କରିଥିଲେ ଏବଂ ଡକ୍ଟର ଖୁଂଟିଆ ନିଜେ ଇଓଗଝ ର ସଦସ୍ୟ ଥିଲେ। ଯାହା ଏପର୍ଯ୍ୟନ୍ତ କାର୍ଯ୍ୟକାରୀ ହୋଇନଥିବା କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ବିଫଳତାର ଜ୍ୱଳନ୍ତ ନିଦର୍ଶନ। ଏହି ସଭାରେ ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ସାଧାରଣ ସଂପାଦକ କିଶୋର ଜେନା, ଉପସଭାପତି ମଦନ ମୋହନ ଧଳ, ବିଦ୍ୟାଧର ମହାନ୍ତି, କୋଷାଧ୍ୟକ୍ଷ ଧରଣୀ ଧର ସ୍ୱାଇଁ, ଯୁଗ୍ମ ସଂପାଦକ ଅକ୍ଷୟ ତ୍ରିପାଠୀ, ପ୍ରଣତୀ ମିଶ୍ର, ସୁରେଶ ବେହେରା, ବାସନ୍ତୀ ସାମଲ, ବିକାଶ ଦାସ, ରଘୁନାଥ ମାଝୀ, ପରାମାନନ୍ଦ ସେଠୀ, ବିଷ୍ଣୁ ରଥ, ବିଜୟ ଦ୍ୱିବେଦୀ, ବିଜୟ ବୋଇତାଇ, ଚନ୍ଦ୍ରକାନ୍ତ ଖଣ୍ଡେଇ ଓ ରମାକାନ୍ତ ଗାହାଣ ପ୍ରମୁଖ ଯୋଗଦେଇଥିଲେ।

# ବଧୂ ହତ୍ୟା ଅଭିଯୁକ୍ତଙ୍କୁ ଧରୁନି ପୁଲିସ, ଏସପିଙ୍କୁ ଭେଟିଲେ ପରିବାର ଲୋକେ

କୋରେଇ, (ପିଏନ)-ଯାଜପୁର ଥାନା ଅନ୍ତର୍ଗତ ଧନିପୁର ଗ୍ରାମର ସରସ୍ୱତୀ ପାଣି ନାମକ ମହିଳାଙ୍କୁ ତାଙ୍କ ଶାଶୁଘର ପରିବାର ପକ୍ଷରୁ ଯୌତୁକ ଦାବିରେ କିରୋସିନି ଢାଳି ନିଆଁ ଲଗାଇଦେଇଥିଲେ । ଗତ ଅଗଷ୍ଟ ୨୮ ତାରିଖ ଏଭଳି କାଣ୍ଡ ଘଟିବା ପରେ ସରସ୍ୱତୀଙ୍କୁ କଟକ ବଡ ମେଡିକାଲକୁ ସ୍ଥାନାନ୍ତରିତ କରାଯାଇଥିଲା । ଏନେଇ ଅଭିଯୋଗ ପରେ ପୁଲିସ ମାମଲା ରୁଜୁ କରି ସରସ୍ୱତୀର ସ୍ୱାମୀ ମାର୍କଣ୍ଡପୁର ଗ୍ରାମର ନରେନ୍ଦ୍ର ପାଣିଙ୍କ ପୁଅ ରବିନ୍ଦ୍ରକୁ ଗିରଫ କରିଥିଲା । ମାତ୍ର ଅନ୍ୟ ଅଭିଯୁକ୍ତ ଶାଶୁ ପ୍ରେମଲତା, ନଣନ୍ଦ ରୀନା ଓ ନଣନ୍ଦେଇ କାଦୁଆକୁ ପୁଲିସ ଗିରଫ କରିନାହିଁ । ପରବର୍ତି ଅବସ୍ଥାରେ ଗତ ସେପ୍ଟେମ୍ବର ୪ ତାରିଖ ଚିକିତ୍ସିତ ଅବସ୍ଥାରେ ସରସ୍ୱତୀର ମୃତ୍ୟୁ ହୋଇଥିଲା । ମୃତ୍ୟୁ ପୂର୍ବରୁ ୪ଜଣ ମିଶି କିରୋସିନି ଢାଳି ନିଆଁ ଲଗାଇଥିବାର ବୟାନ ସରସ୍ୱତୀ ଦେଇଥିଲା । ହେଲେ ମୃତ୍ୟୁର ଅବଧି ୧୨ ଦିନ ବିତିଯାଇଥିଲେ ମଧ ଏହି ହତ୍ୟାକାଣ୍ଡରେ ସମ୍ପୃକ୍ତ ଅଭିଯୁକ୍ତ ମାନଙ୍କୁ ପୁଲିସ ଗିରଫ କରୁନାହିଁ। କେବଳ ମାମଲା ରୁଜୁ କରି ଜଣଙ୍କୁ ଗିରଫ କରିଥିବା ବେଳେ ଅନ୍ୟ ଅଭିଯୁକ୍ତ ମାନେ ଖୁଲମଖୁଲା ବୁଲୁଛନ୍ତି । ମୃତ ସରସ୍ୱତୀଙ୍କୁ ନ୍ୟାୟ ଦେବା ପାଇଁ ପରିବାର ପକ୍ଷରୁ ଏସପିଙ୍କୁ ଗୁହାରୀ କରାଯାଇଛି ।

# ବାଙ୍ଗିରିପୋଷିରେ ଅଟୋକୁ ଟ୍ରକ ପଛରୁ ଧକ୍କା ଦେଲା, ୨ ମୃତ, ୧୦ ଗୁରୁତର

ବାରିପଦା, (ପିଏନ)- ମୟୂରଭଞ୍ଜ ଜିଲ୍ଲା ୪୯ ନମ୍ବର ଜାତୀୟ ରାଜପଥର ବାଙ୍ଗିରିପୋଷି ଦ୍ୱାରଶୁଣି ଘାଟିରେ ଆଜି ପୂର୍ବାହ୍ନରେ ମର୍ମନ୍ତୁଦ ଦୁର୍ଘଟଣା ଘଟିଛି। ଏକ ଅଟୋକୁ ପଛ ପଟୁ ଧକ୍କା ଦେଇ ଟ୍ରକ୍ ଓଲଟିବାରୁ ଘଟଣାସ୍ଥଳରେ ୨ ଜଣଙ୍କ ମୃତ୍ୟୁ ହୋଇଛି। ମୃତକଙ୍କ ମଧ୍ୟରେ ଜଣେ ସ୍କୁଲ ଛାତ୍ର ଓ ଅନ୍ୟ ଜଣେ ଅଭିଭାବକ ଥିବା ସୂଚନା ମିଳିଛି ।ସୂଚନାଯୋଗ୍ୟ, ଆଜି ସକାଳେ ମଧ୍ୟାହ୍ନ ଭୋଜନ ଚାଉଳ ଆଣିବାକୁ ବିଶୋଇ ବ୍ଲକର ଦୋପଚ୍ଚା ଗାଁରୁ ଶୁଳିଆପଦା ଅଭିମୁଖେ ଏକ ଅଟୋରେ ୧୨ ଜଣ ଯାତ୍ରୀ ଯାଉଥିଲେ। ସେମାନଙ୍କ ମଧ୍ୟରେ ୪ ଜଣ ମହିଳା, ୪ ଜଣ ପୁରୁଷ ଓ ୪ ଜଣ ୧୦ରୁ ୧୨ ବର୍ଷ ମଧ୍ୟରେ ପିଲା ଥିଲେ। ସେମାନେ ନିଜ ଗାଁରୁ ପ୍ରାୟ ୨୦ କିଲୋମିଟର ଆସିବା ପରେ ବାଙ୍ଗିରିପୋଷି ଘାଟିରେ ଦୁର୍ଘଟଣାର ସମ୍ମୁଖୀନ ହୋଇଥିଲେ ।ଅଟୋଟି ବାଙ୍ଗିରିପୋଷି ଘାଟିରେ ଓହ୍ଲାଉଥିବା ବେଳେ ଦ୍ରୁତ ଗତିରେ ଆସୁଥିବା ଏକ ଟ୍ରକ୍ ଅଟୋକୁ ପଛ ପଟୁ ପିଟି କିଛି ଦୂରକୁ ଘୋଷାରି ନେଇଥିଲା। ଏହାପରେ ଟ୍ରକଟି ଭାରସାମ୍ୟ ହରାଇ ରାସ୍ତା ପାର୍ଶ୍ୱକୁ ଓଲଟି ପଡ଼ିଥିବା ବେଳେ ଅଟୋରେ ଥିବା ଯାତ୍ରୀଙ୍କ ମଧ୍ୟରୁ ଘଟଣାସ୍ଥଳରେ ୨ ଜଣଙ୍କ ମୃତ୍ୟୁ ହୋଇଥିଲା। ମୃତକଙ୍କ ମଧ୍ୟରେ ଜଣେ ପିଲା ଓ ଜଣେ ପୁରୁଷ ଅଛନ୍ତି। ଖବର ପାଇ ବାଙ୍ଗିରିପୋଷି ପୁଲିସ୍ ଓ ଅଗ୍ନିଶମ ବାହିନୀ କର୍ମଚାରୀ ଘଟଣାସ୍ଥଳରେ ପହଂଚି ତୁରନ୍ତ ଅନ୍ୟ ଆହତମାନଙ୍କୁ ବାଙ୍ଗିରିପୋଷି ମେଡିକାଲରେ ଭର୍ତି କରିଥିଲେ। ସେଠାରେ ପ୍ରାଥମିକ ଚିକିତ୍ସା ପରେ ସେମାନଙ୍କୁ ବାରିପଦା ପିଆରଏମ ମେଡିକାଲକୁ ପଠାଇ ଦେଇଛି। ଦୁର୍ଘଟଣା ଘଟାଇ ଟ୍ରକ୍ ଡ୍ରାଇଭର ଓ ହେଲପର ଟ୍ରକ ଛାଡି ଫେରାର ହୋଇଯାଇଥିବା ଜଣାଯାଇଛି।

# କନ୍ଧମାଳ ଜିଲ୍ଲାର ଖଜୁରିପଡାରେ ମା ଗୃହ ଉଦଘାଟିତ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲା ବାଲିଗୁଡାର ସ୍ୱେଚ୍ଛାସେବୀ ଅନୁଷ୍ଠାନ ବନବାସୀ ସେବା ସମିତିର ପରିଚାଳନାରେ ଏବଂ ଜାତୀୟ ସ୍ୱାସ୍ଥ୍ୟ ମିଶନ କନ୍ଧମାଳ ସହାୟତାରେ ଏକ ନୂତନ ମା ଗୃହ କନ୍ଧମାଳ ଜିଲ୍ଲାର ଖଜୁରିପଡାଠାରେ ଉଦଘାଟିତ ହୋଇଯାଇଛି । ଏହି ଏଦଘାଟନୀ କାର୍ଯ୍ୟକ୍ରମ କୋଭିଡ ନିୟମ ଅନୁସାରେ ଆୟୋଜିତ ହୋଇଥିଲା। କାର୍ଯ୍ୟକ୍ରମର ମୁଖ୍ୟ ଅତିଥି ଭାବରେ ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ଶ୍ରୀମତୀ ମନସ୍ୱିନି ମିଶ୍ର ଯୋଗ ଦେଇ ଏହାର ଶୁଭ ଉଦଘାଟନ କରିଥିଲେ। ଏହି ଅବସରରେ ଜାତୀୟ ସ୍ୱାସ୍ଥ୍ୟ ମିଶନ କନ୍ଧମାଳର କାର୍ଯ୍ୟକ୍ରମ ପରିଚାଳକ ମନରଞ୍ଜନ ସାହୁ,ଖଜୁରିପଡାର ଡା.ନିମାଇଁ ଚରଣ ବିଶି,ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ରଶ୍ମିତା କରଣ,ଖଜୁରିପଡା ସମନ୍ୱିତ ଶିଶୁ ବିକାଶ ଅଧିକାରୀଣୀ ଗୀତାରାଣୀ ପଣ୍ଡା,ବନବାସୀ ଅନୁଷ୍ଠାନର ସମ୍ପାଦକ ଉତ୍ସବଚନ୍ଦ୍ର ଜେନା,ସହ-ସମ୍ପାଦକ ରବିନ୍ଦ୍ର କୁମାର ପଣ୍ଡା,ଚାଇଲ୍ଡଲାଇନର ସମସ୍ତ କର୍ମକର୍ତା ଓ ସଦସ୍ୟ ମାନେ ,ସଖିର ସଦସ୍ୟା ଓ ମା ଗୃହର ସମସ୍ତ କର୍ମକର୍ତାଙ୍କ ସମେତ ଅଂଚଳର ଲୋକମାନେ ଉପସ୍ଥିତ ଥିଲେ। ଏଠାରେ ଏହି ବ୍ଲକରେ ଥିବା ଦୁର୍ଗମ ଅଂଚଳର ଗର୍ଭବତୀ ମା ମାନେ ସେମାନଙ୍କର ପ୍ରସବ ପୁର୍ବରୁ ସେଠାରେ ଆସି ରହିବା ସହିତ ସେମାନଙ୍କୁ ଆବଶ୍ୟକୀୟ ଚିକିତ୍ସା ମାଗଣାରେ ପ୍ରଦାନ କରାଯିବା ସହିତ ସେମାନେ କିପରି ସୁସ୍ଥ ମାନସିକତାରେ ରହି ସଠିକ୍ ଭାବରେ ପ୍ରସବ କରି ପାରିବେ ସେଥିପାଇଁ ସେମାନଙ୍କ ପାଇଁ ପୌଷ୍ଟିକ ଖାଦ୍ୟପେୟ ସହିତ ମନରଞ୍ଜନ ପାଇଁ ମଧ୍ୟ ଆବଶ୍ୟକୀୟ ବ୍ୟବସ୍ଥା କରାଯାଇ ଥିବା ନେଇ ବନବାସୀ ଆନୁଷ୍ଠାନର ସହ-ସମ୍ପାଦକ ରବିନ୍ଦ୍ର କୁମାର ପଣ୍ଡା ସୁଚନା ଦେଇଛନ୍ତି ।

# ଶିକ୍ଷା ସମେତ ବିଭିନ୍ନ ବିକାଶ ଦିଗରେ ସଚେତନତାର କାର୍ଯ୍ୟକ୍ରମ

କନ୍ଧମାଳ,(ପିଏନ)-କନ୍ଧମାଳ ଜିଲ୍ଲାର ଅଗ୍ରଣୀ ଅନୁଷ୍ଠାନ ଗୁଡ୍ ସୁମରିଟାନ୍ ଓ ଅନ୍ତରଙ୍ଗ କନ୍ଧମାଳ ପକ୍ଷରୁ ପୋଷଣ ଅଭିଯାନ ଓ କରୋନା ସଚେତନତା କାର୍ଯ୍ୟକ୍ରମ ଚକାପାଦ ବ୍ଲକର ନନ୍ଦିନୀ, ପସରା, ବରପଲ୍ଲୀ ଓ ଘୁ ଉଦୟଗିରି ବ୍ଲକର କଡିକାଡୁ ଗ୍ରାମରେ କରୋନା ଭୁତାଣୁ ସଂକ୍ରମଣ ରୋଗର ସଚେତନତା ଓ ସର୍ତକତାର ବାର୍ତା ପହଂଚାଇବା ସହ ୭୦୦ ଶହରୁ ଅଧିକା ମାସ୍କ ବଂଟନ କରିବା ସହ ବ୍ୟବହାର କରିବା କୋଭିଡ ନିୟମକୁ ପାଳନ ପାଇଁ ପର୍ବତାଇବ.ଶିଶୁ ଶିକ୍ଷାକୁ ଉତ୍ସାହିତ କରିବା,ବାଲ୍ୟ ବିବାହ ବନ୍ଦ କରିବା ପାଇଁ “ବାଲ୍ୟ ବିବାହକୁ ନା କହିବା ଓ ପାଠ ପଢ଼ାକୁ ହଁ କହିବା”ନାରା ଦେଇଛନ୍ତି ଗାଁର କିଶୋର କିଶୋରୀ ମାନେ ଓ ଗାଁ ଲୋକମାନେ । ମହାମାରୀ ସମୟରେ ନିଜନିଜକୁ ସତର୍କ କରି ସୁରକ୍ଷିତ ରହିଲେ ନିଜ ପରିବାର ସୁରକ୍ଷିତ ରହିବ ଓ ନିଜ ଅଂଚଳ ସୁରକ୍ଷିତ ହେବା ସହ ଗାଁରେ କୌଣସି ବ୍ୟକ୍ତି କରୋନା ରୋଗରେ ଆକ୍ରାନ୍ତ ହେବେ ନାହିଁ ଓ ଏହି ସମୟରେ ଛୋଟ ଛୋଟ ଶିଶୁ ମାନଙ୍କୁ ଓ କିଶୋର କିଶୋରୀ ଓ ଗର୍ଭବତୀ ମହିଳାଙ୍କ ପାଇଁ ପୋଷକ□ତତ୍ୱର ଅଭାବ ଦେଖାଯାଇଥିବାର ସୁଚନା ଅନୁମାନ କରାଯାଇଛି ।ଯାହ ପାଇଁ ଆମକୁ ସାବଧାନତା ଅବଲମ୍ବନ କରି ପୋଷକ ତତ୍ୱର ଖାଦ୍ୟ ପଦାର୍ଥ ଖାଇବା ଆବଶ୍ୟକତା ରହିଛି ବୋଲି ଅନ୍ତରଙ୍ଗ ଯୁବ ମାହାସଂଘର ସମ୍ପାଦକ ହୃଷିକେଶ ପ୍ରଧାନ ବୁଝେଇଥିଲେ ।ମହାମାରୀ ପାଇଁ ସ୍କୁଲ କଲେଜ ଗୁଡିକ ବନ୍ଦ ରହିଥିବା ଫଳରେ ଛାତ୍ରଛାତ୍ରୀ ମାନଙ୍କ ପାଠପଢ଼ାରେ ବ୍ୟାଘାତ ଶୃଷ୍ଟି ହେଉଛି ।ଏହାର ସମାଧାନ ଆମ ନିଜ ପାଖରେ ଅଛି ।ଯାହାକି ନିଜେ ପାଠ ପଢ଼ିବା ଅଭ୍ୟାସ ରଖିବାକୁ ପଡିବ ଓ ଆଗାମୀ ଦିନରେ ମଧ ପଢ଼ିବା ପାଇଁ ଅନ୍ୟ ଭାଇଭଉଣୀଙ୍କୁ ମଧ ପ୍ରବର୍ତାଇବା ଉଚିତ ବୋଲି ବାଲ୍ୟ ବିବାହ ପ୍ରତିରୋଧ ମଂଚର ସମ୍ପାଦିକା ବିଷ୍ଣୁ ପ୍ରିୟା ପ୍ରଧାନ କହିଛନ୍ତ ।

## ଆଶାସାଥି ସଂଘ ପକ୍ଷରୁ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଦାବିପତ୍ର

କେନ୍ଦ୍ରାପଡା,(ପିଏନ)-ଭାରତୀୟ ମଜଦୁର ସଂଘ ସଂଲଗ୍ନ ରାଜ୍ୟ ଆଶାସାଥି ସଂଘ କେନ୍ଦ୍ରାପଡା ଜିଲ୍ଲା ଶାଖା ପକ୍ଷରୁ ୮ଦଫା ଦାବି ପୂରଣ ପାଇଁ ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କୁ ଦାବିପତ୍ର ଜିଲ୍ଲାପାଳଙ୍କ ଜରିଆରେ ପ୍ରଦାନ କରାଯାଇଛି । ଭାରତୀୟ ମଜଦୁର ସଂଘର ଜିଲ୍ଲା ସଭାପତି ପ୍ରଭାତ ପାଣି, ସଂପାଦକ ପ୍ରଶାନ୍ତ କୁମାର ତ୍ରିପାଠୀ ଓ ଅରୁଣ କୁମାର ସିଂହଙ୍କ ସମେତ ଆଶାସାଥି ସଭାପତି ମଞ୍ଜୁଲତା ସାମଲ, ସଂପାଦିକା ରାଜଲକ୍ଷ୍ମୀ ସୁତାର, ମଧୁସ୍ମିତା ଓଝା, ସୁଜାତା ରାଉତ ଓ ମନୋରମା ମହାପାତ୍ର ପ୍ରମୁଖ ଜିଲ୍ଲାପାଳ ସମର୍ଥ ବର୍ମାଙ୍କୁ ଭେଟି ଦାବିପତ୍ର ପ୍ରଦାନ କରିଛନ୍ତି ।
ଦାବି ଗୁଡିକ ମଧ୍ୟରୁ ଆଶାସାଥି ମାନଙ୍କୁ ସରକାରୀ ମାନ୍ୟତା ପ୍ରଦାନ, କେନ୍ଦ୍ର ସରକାରଙ୍କ ଘୋଷଣା ଅନୁଯାୟୀ ମାସିକ ୬ ହଜାର ଟଙ୍କା ପ୍ରଦାନ, ସାଥି ମାନଙ୍କ ପାଇଁ ଡ୍ରେସ୍ କୋଡ ଲାଗୁ କରିବା, ଦକ୍ଷତା ବୃଦ୍ଧି ପାଇଁ ତାଲିମ ଦେବା, ଆଶାସାଥି ମାନଙ୍କୁ ବୀମା ଭୁକ୍ତ କରି ମୃତ୍ୟୁକାଳୀନ ସହାୟତା ପ୍ରଦାନ କରିବା, ପ୍ରଧାନମନ୍ତ୍ରୀ ଜୀବନ ଜ୍ୟୋତି ଯୋଜନା ଓ ପ୍ରଧାନମନ୍ତ୍ରୀ ସୁରକ୍ଷା ବୀମା ଯୋଜନା ଲାଗୁ କରିବା, ଆୟୁଷ୍ମାନ ଭାରତ ଚିକିତ୍ସା ବୀମାରେ ଆଶାସାଥିଙ୍କୁ ଅର୍ନ୍ତଭୁକ୍ତ କରିବା ଓ କୋଭିଡ-୧୯ ଯୋଦ୍ଧା ଭାବେ ଏମାନଙ୍କୁ ପ୍ରୋତ୍ସାହନ ରାଶି ଓ ସୁରକ୍ଷା ପ୍ରଦାନ କରିବା ଆଦି ପ୍ରମୁଖ ଦାବି ରହିଛି ।

## ସ୍କର୍ପିଓ ଧକ୍କାରେ ଦୁଇ ସ୍କୁଟି ଆରୋହୀ ଆହତ

କୋରେଇ,(ପିଏନ)- ପାଣିକୋଇଲି ଥାନା ଅନ୍ତର୍ଗତ ୨୦ ନମ୍ବର ଜାତୀୟ ରାଜପଥର ତୁଳସୀ ପେଟ୍ରୋଲ ପମ୍ପ ନିକଟରେ ଭୁବନେଶ୍ୱରରୁ ନିଜଗ୍ରାମ କେଉଁଝର ଜିଲ୍ଲା ପାଟଣା ଥାନା ଅନ୍ତର୍ଗତ ବାଇଁଶିରା ଗ୍ରାମକୁ ଏକ ସ୍କୁଟି( ଓଡ଼ି୩୩କେ୨୭୭୭)ରେ ଯାଉଥିବା ଦାମୁ ଚମ୍ପିଆଙ୍କ ଦୁଇ ପୁଅ କେଦାର ଓ କୀର୍ତନଙ୍କୁ ଏକ ଦ୍ରୁତଗାମୀ ସ୍କର୍ପିଓ ସାଇଡ଼ ମାରିଦେବାରୁ ଦୁଇ ଭାଇ ରାସ୍ତା ଡ଼ିଭାଇଡ଼ର ଉପରେ ପଡ଼ି ଆହତ ହୋଇଥିଲେ ।

# ବାଲିଘାଟ ନିଲାମ ବନ୍ଦ ପାଇଁ ହାଇକୋର୍ଟରେ ମାମଲା

କୋରେଇ, (ପିଏନ)- ଯାଜପୁର ଜିଲ୍ଲା କୋରାଇ ବ୍ଲକ ମୂଳାପାଳ ପଂଚାୟତ ଅନ୍ତର୍ଗତ ରଣପାଳ ଓ ଧନତ୍ରୀ ମୌଜାର ବୈତରଣୀ ନଦୀରେ ବାଲିଘାଟ ନିଲାମ ପାଇଁ ରାଜସ୍ୱ ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଥିଲା। ରଣପାଳ ଓ ଧନତ୍ରୀ ବାଲିଘାଟ ନିଲାମ ନକରିବାକୁ ଗ୍ରାମବାସୀଙ୍କ ପକ୍ଷରୁ ଜିଲ୍ଲାପାଳଙ୍କ ଠାରୁ ଆରମ୍ଭ କରି ତହସିଲଦାରଙ୍କ ପର୍ଯ୍ୟନ୍ତ ସମସ୍ତଙ୍କୁ ପତ୍ର ମାଧ୍ୟମରେ ଜଣାଇ ଦିଆଯାଇଥିଲା। ପରେ ଦୁଇ ରଣପାଳ ଓ ଧନତ୍ରୀ ବାଲିଘାଟ ନିଲାମ ବନ୍ଦ କରିବା ନେଇ ଗ୍ରାମବାସୀ ହାଇକୋର୍ଟର ଦ୍ୱାରସ୍ଥ ହୋଇଥିଲେ। ଏନେଇ ଡବ୍ଲୁ. ପି. (ସି) ୨୨୭୨୫ରେ ମାମଲା ରୁଜୁ କରାଯାଇଛି। ବୈତରଣୀ ନଦୀର ଏହି ବାଲିଘାଟ ନିଲାମ ଦ୍ୱାରା ନଦୀବନ୍ଧ ପ୍ରତି ବିପଦ ସହ ବନ୍ୟାପ୍ଲାବିତ ଏହି ପଂଚାୟତର କ୍ଷିରୋ, ସରସଦା ଧନତ୍ରୀ, ଗୋବିନ୍ଦପୁର, ରଣପାଳ ସମେତ ଅନେକ ଗ୍ରାମ କ୍ଷତିଗ୍ରସ୍ତ ହେବାର ସମ୍ଭାବନା ସୃଷ୍ଟି ହୋଇଛି। ତେଣୁ ବିପଦ ଦୃଷ୍ଟିରୁ ଏହି ନିଲାମ ବନ୍ଦ କରିବାକୁ ଅଭିଯୋଗରେ ଦର୍ଶାଯାଇଛି । ଏହା ସହିତ ନଦୀ ପଠାରେ ଥିବା ବିଭିନ୍ନ ଦେବାଦେବୀ ମନ୍ଦିର କ୍ଷତିଗ୍ରସ୍ତ ହେବ।
ଏନେଇ ରଣପାଳ ଗ୍ରାମର କିଶୋର ଚନ୍ଦ୍ର ପାଳ, କାର୍ତିକ ଚନ୍ଦ୍ର ପଣ୍ଡା, ଅଭିମନ୍ୟୁ ପାଳ, ଉପେନ୍ଦ୍ର ବେହେରା, ପ୍ରତାପ ମଲ୍ଲିକ, ଦୁର୍ଗାପ୍ରସାଦ ପଣ୍ଡା ପ୍ରମୁଖ ଓଡିଶା ସରକାର ପଂଚାୟତରାଜ ପ୍ରିନିସପାଲ ସେକ୍ରେଟାରୀ, ରାଜସ୍ୱ ଓ ପ୍ରାକୃତିକ ବିପର୍ଯ୍ୟୟ ପ୍ରିନିସିପାଲ ସେକ୍ରେଟାରୀ, କଲେକ୍ଟର ଯାଜପୁର, ସବକଲେକ୍ଟର ଯାଜପୁର ଓ ତହସିଲଦାରଙ୍କୁ ପକ୍ଷଭୁକ୍ତ କରାଯାଇ ହାଇକୋର୍ଟରେ ମାମଲା ରୁଜୁ କରିଛନ୍ତି। ପରବର୍ତି ଶୁଣାଣୀ ପର୍ଯ୍ୟନ୍ତ ନିଲାମ ବନ୍ଦ କରିବାକୁ ହାଇକୋର୍ଟ ଜିଲ୍ଲାପାଳ ଯାଜପୁରଙ୍କୁ ଅବଗତ କରିଛନ୍ତି।

# ମୃତ ଏବଂ ଅବସରପ୍ରାପ୍ତ ଶିକ୍ଷକଙ୍କୁ ପଦୋନ୍ନତି

କଣାସ, (ପିଏନ)- ରାଜ୍ୟ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶକଙ୍କ ପକ୍ଷରୁ ହାଇସ୍କୁଲ ଶିକ୍ଷକମାନଙ୍କର ପଦୋନ୍ନତି ସମ୍ପର୍କିତ ସରକାରୀ ତାଲିକା ପ୍ରକାଶ ପାଇଛି । କିନ୍ତୁ ଏହି ତାଲିକାର ସଠିକତା ନେଇ ବୁଦ୍ଧିଜୀବି ମହଲରେ ପ୍ରଶ୍ନବାଚୀ ସୃଷ୍ଟି କରିଛି । କାରଣ ଏହି ତାଲିକାରେ କଣାସ ବ୍ଲକରୁ ଜଣେ ଶିକ୍ଷକଙ୍କ ମୃତ୍ୟୁ ହୋଇଯାଇଥିବା ବେଳେ ଅନ୍ୟ ଜଣେ ୯ ମାସ ହେଲା ଅବସର ନେଇଯାଇଥିବା ବେଳେ ସେମାନଙ୍କୁ ପଦୋଉନ୍ନତି ଦିଆଯାଇଥିବା ଜଣାପଡିଛି । ରାଜ୍ୟ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶାଳୟ ପକ୍ଷରୁ ଚିଠି ନଂ- ୧୯୦୭୦ ତାରିଖ ୧୧.୦୯.୨୦୨୦ରିଖରେ ପୁରୀ ଜିଲ୍ଲାର ୯୨ ଜଣ କନିଷ୍ଠ ବର୍ଗ ଶିକ୍ଷକ ଶିକ୍ଷୟତ୍ରୀଙ୍କୁ ପଦୋନ୍ନତି ମିଳିଛି । ଉପୋଉନ୍ନତି ସାଙ୍ଗକୁ ସେମାନଙ୍କୁ ସେହି ବିଦ୍ୟାଳୟ ଅଥବା ଅନ୍ୟ ବିଦ୍ୟାଳୟରେ ପ୍ରଧାନ ଶିକ୍ଷକ ଭାବେ ନିଯୁକ୍ତି ପ୍ରଦାନ କରାଯାଇଛି । କିନ୍ତୁ, ଏହି ତାଲିକାର କ୍ରମିକ ନଂ-୫୮ରେ ଥିବା ଜମ୍ବେଶ୍ୱର ସାମନ୍ତରାୟ ଗଡସାନପୁଟ ହାଇ ସ୍କୁଲରୁ ଗତ ଜାନୁଆରି ମାସରେ ଅବସର ନେଇଯାଇଥିବା ବେଳେ ସେହି ତାଲିକାର କ୍ରମିକ ନଂ-୬୧ରେ ଥିବା କାଦୁଆଖାଟ ଏକାଡେମୀର ରମେଶ ଚନ୍ଦ୍ର ମିଶ୍ର ଗତ ବର୍ଷ ମଇ ମାସରେ ଆରପାରିକୁ ଚାଲିଗଲେଣି । ଅବସର ନେବା ୮ମାସ ଅଥବା ମୃତର ଦେଢ ବର୍ଷପରେ ସରକାରୀ ନିର୍ଦ୍ଦେଶାନାମା ଅନୁଯାୟୀ ମୃତ ଏବଂ ଅବସରପ୍ରାପ୍ତ ଶିକ୍ଷକଦ୍ୱୟ କିପରି ଦାୟିତ୍ୱ ଗ୍ରହଣ କରିବେ ଏହାକୁ ହିଁ ବୁଦ୍ଧିଜୀବିମାନେ ଅପେକ୍ଷା କରିରହିଛନ୍ତି ।

# ମହିଳା ସାଥି ନିଯୁକ୍ତି ବାତିଲ୍ ନହେଲେ ଆନ୍ଦୋଳନ କରିବେ ଗାଁ ସାଥି

କେନ୍ଦ୍ରାପଡା, (ପିଏନ)- ନିଖିଳ ଓଡିଶା ଗାଁ ସାଥି ସଂଘ କେନ୍ଦ୍ରାପଡା ଶାଖା ପକ୍ଷରୁ ମହିଳା ସାଥି ନିଯୁକ୍ତି ବାତିଲ୍ ପାଇଁ ଦାବି କରାଯାଇଛି । ନିଯୁକ୍ତି ବାତିଲ୍ କରା ନଗଲେ ଚଳିତ ମାସ ୧୮ ତାରିଖରେ ଜିଲ୍ଲାପାଳ ଜିଲ୍ଲା କାର୍ଯ୍ୟାଳୟ ସମ୍ମୁଖରେ ସତ୍ୟାଗ୍ରହ କରାଯିବ ବୋଲି ଜିଲ୍ଲା କମିଟି କର୍ମକର୍ତା ମାନେ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଏକ ସ୍ମାରକ ପତ୍ର କେନ୍ଦ୍ରାପଡା ଜିଲ୍ଲାପାଳଙ୍କୁ ପ୍ରଦାନ କରିଛନ୍ତି । ସ୍ମାରକପତ୍ରର ଦାବି ମୁତାବକ ଏମ ନରେଗା କାର୍ଯ୍ୟ ପରିଚାଳନା ପାଇଁ ରାଜ୍ୟ ସରକାର ପ୍ରତ୍ୟେକ ରାଜସ୍ୱ ଗ୍ରାମରେ ଦୁଇ ଜଣ ଉଚ୍ଚ ଶିକ୍ଷିତ ଗାଁ ସାଥିଙ୍କୁ ନିଯୁକ୍ତି ଦେଇଥିଲେ । ଚୁକ୍ତି ମୁତାବକ ସେମାନଙ୍କୁ ଥଇଥାନ କରା ନଯାଉଣୁ ପୁନର୍ବାର ପ୍ରତ୍ୟେକ ଗ୍ରାମରେ ଦୁଇଜଣ ମହିଳାଙ୍କୁ ନିଯୁକ୍ତି ଦେବାପାଇଁ ବିଜ୍ଞାପନ ବାହାର କରାଯାଇଛି । ଏହାକୁ ତୁରନ୍ତ ପ୍ରତ୍ୟାହର କରିବା ପୂର୍ବରୁ ଥିବା ଗାଁ ସାଥି ମାନଙ୍କୁ ତାଲିମ୍ ପ୍ରଦାନ କରି ଖାଲିଥିବା ସରକାରୀ ଚାକିରୀରେ ନିଯୁକ୍ତି ଥିବା, ପ୍ରତ୍ୟେକ ଗ୍ରାମରେ ପ୍ରବାସୀ ଶ୍ରମିକ ଓ ବେକାର ଯୁବକ ଯୁବତୀଙ୍କୁ ୨୦୦ ଦିନର କାମ ଯୋଗାଇ ଦେବା ପ୍ରଭୃତି ୫ ଦଫା ଦାବିପତ୍ର ଅତିରିକ୍ତ ଜିଲ୍ଲାପାଳ ବସନ୍ତ କୁମାର ରାଉତଙ୍କୁ ପ୍ରଦାନ କରାଯାଇଛି । ସଂଘର ଉପଦେଷ୍ଟା ଆଇନଜୀବି ରମଣୀ ରଞ୍ଜନ ରାଉତରାୟ, ସଭାପତି ପ୍ରମିଳା ସାମଲ, କ୍ଷିରୋଦ କୁମାର ଖଟୁଆ, ନିତ୍ୟ ସୁନ୍ଦର ଜେନା, ଉପେନ୍ଦ୍ର ସାହୁ, ମୁକୁନ୍ଦ ମହାପାତ୍ର, ରବିନ୍ଦ୍ର ରାଉତ ପ୍ରମୁଖ ଦାବିପତ୍ର ପ୍ରଦାନ ବେଳେ ଉପସ୍ଥିତ ଥିଲେ।

ଖେଳ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

୨୬ ବର୍ଷରେ

Bhubaneswar Wednesday June 12, 2024 ଭୁବନେଶ୍ୱର ବୁଧବାର, ଜୁନ ୧୨,୨୦୨୪ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com ୮


## ସେମିଳିଗୁଡା ସୁବାଇ ଗାଁରେ ବ୍ୟାପିଛି ଝାଡାବାନ୍ତି;ଗାଁରେ ୩୦ ରୁ ଅଧିକ ଲୋକ ଝାଡ଼ାବାନ୍ତିରେ ଆକ୍ରାନ୍ତ



ସେମିଳିଗୁଡା:(ପି ଏ ନ) : କୋରାପୁଟ ସେମିଳିଗୁଡା ସୁବାଇ ଗୌଡ଼ ସାହିରେ ବ୍ୟାପିଛି ଝାଡାବାନ୍ତି ଆକ୍ରାନ୍ତ। ଗାଁରେ ୩୦ ରୁ ଅଧିକ ଲୋକ ଝାଡ଼ାବାନ୍ତିରେ ଆକ୍ରାନ୍ତ ହୋଇଛନ୍ତି । ଆକ୍ରାନ୍ତଙ୍କ ମଧ୍ୟରେ ମହିଳା, ପୁରୁଷ ଓ ଶିଶୁ ହୋଇଥିବା ଜଣାପଡ଼ିଛି। ଆକ୍ରାନ୍ତ ହେବା ପରେ ମେଡିକାଲରେ ଚିକିତ୍ସିତ ହୋଇ ଏବେ ଘରେ ସୁସ୍ଥ ହୋଇଛନ୍ତି । ଖବର ପାଇ ସେମିଳିଗୁଡା ବ୍ଲକ ପ୍ରଶାସନ ଓ ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗର ଡାକ୍ତରୀ ଦଳ ଗାଁରେ ପହଞ୍ଚି ଗ୍ରାମବାସୀଙ୍କ ସହିତ ସ୍ୱାସ୍ଥ୍ୟ ପରୀକ୍ଷା କରିଥିଲେ। ଆକ୍ରାନ୍ତଙ୍କୁ ଚିହ୍ନଟ କରି ଗାଁରେ ହିଁ ଚିକିତ୍ସା ବ୍ୟବସ୍ଥା କରିଥିଲେ । ଗାଁର କୂଅକୁ ପରିମଳ ବ୍ୟବସ୍ଥା ଯାଞ୍ଚ କରିଥିଲେ । କେଉଁ କାରଣରୁ ଝାଡାବାନ୍ତି ବ୍ୟାପିଲା ତାର କାରଣ ଖୋଜୁଛନ୍ତି ସ୍ୱାସ୍ଥ୍ୟ ବିଭାଗର ଟିମ୍ । ଏହିସ୍ଥିତି ଏବେ ନିୟନ୍ତ୍ରଣାଧୀନ ରହିଥିବା ସୂଚନା ଦେଇଛନ୍ତି ।ଜିଲ୍ଲା ମୁଖ୍ୟ ଚିକିତ୍ସା ଅଧିକାରୀ କେଉଁ କାରଣରୁ ଗ୍ରାମରେ ଝାଡାବାନ୍ତି ବ୍ୟାପିଲା ସେ ନେଇ ତଦନ୍ତ କରାଯାଉଛି ବୋଲି ଜିଲ୍ଲା ମୁଖ୍ୟ ଚିକିତ୍ସା ଅଧିକାରୀ ସୂଚନା ଦେଇଛନ୍ତି। ଗାଁରେ ବ୍ଲିଚିଂ ପାଉଡର ପକାଇବା ସହିତ ଗାଁକୁ ସଫା ସୁତୁରା କରିବାକୁ ନିର୍ଦ୍ଦେଶ ଦେଇଛନ୍ତି ।ଏହି ଖବର ପାଇ ପଟାଙ୍ଗି ନବ ନିର୍ବାଚିତ କଂଗ୍ରେସ ବିଧାୟକ ରାମଚନ୍ଦ୍ର କାଡ଼ାମ ସୁବାଇ ଗ୍ରାମରେ ପହଞ୍ଚି ଲୋକଙ୍କ ସହ ଆଲୋଚନା କରିଥିଲେ ।ଏହି ଉପସ୍ଥିତିରେ ସ୍ୱାସ୍ଥ୍ୟକର୍ମୀ, ଅଙ୍ଗନୱାଡ଼ି ଆଶା କର୍ମୀ, ଲୋକ ପ୍ରତିନିଧିଙ୍କ ସମେତ ଗାଁ ବାସିନ୍ଦାଙ୍କୁ ଫୁଟା ପାଣି ବ୍ୟବହାର କରିବାକୁ ସଚେତନ କରିଥିଲେ। ଏଥିପ୍ରତି ଜିଲ୍ଲା ପ୍ରଶାସନର କଡ଼ା ନଜର ରହିଥିବା କୋରାପୁଟ ଡାକ୍ତରୀ ଦଳର ନେତୃତ୍ୱ ନେଉଥିବା ଡାକ୍ତର ନୀଳ ମାଧବ ଶତପଥୀ ସୂଚନା ଦେଇଛନ୍ତି। ଝାଡ଼ାବାନ୍ତିରେ ଯେପରି ଅନ୍ୟ କେହି ସଂକ୍ରମିତ ନହୁଅନ୍ତୁ ସେଥିପ୍ରତି ଧ୍ୟାନ ଦିଆଯାଉଛି ବୋଲି କହିଛନ୍ତି।

## ଠାକୁରାଣୀ ଯାତ୍ରାର ଶୋଭାଯାତ୍ରାରେ ଦୁଲୁକିଲା ପାରଳାଖେମୁଣ୍ଡି ସହର

ପାରଳାଖେମୁଣ୍ଡି,(ପି.ଏନ): ଗଜପତି ଜିଲ୍ଲା ସଦର ମହକୁମା ପାରଳାଖେମୁଣ୍ଡି ସହରର ବିଭିନ୍ନ ସ୍ଥାନରେ ଠାକୁରାଣୀ ଯାତ୍ରା ଆରମ୍ଭ ହୋଇଛି। ଠାକୁରାଣୀ ଯାତ୍ରାର ଶୋଭାଯାତ୍ରାରେ ପାରଳାଖେମୁଣ୍ଡି ସହର ଚଳଚଞ୍ଚଳ ହୋଇପଡିଛି. ପାରଳା ସହରର ରେଖନା ସାହି, ଭୋଇ ସାହି ଓ ବାଟଗୌଡ ସାହି ଆଦିରେ ଠାକୁରାଣୀ ଯାତ୍ରା ଆୟୋଜିତ ହୋଇଛି। ଏହି ୩ ଗୋଟି ସ୍ଥାନର ଠାକୁରାଣୀ ଯାତ୍ରା ପ୍ରାରମ୍ଭରେ ପ୍ରଥମେ ପାରଳାର ଗ୍ରାମଦେବୀ ନୀଳାମ୍ମା ଠାକୁରାଣୀଙ୍କୁ ଆମନ୍ତ୍ରିତ କରାଯାଇଥିଲା। ମାଙ୍କୁ ଆମନ୍ତ୍ରଣ କରି ନେବା ପାଇଁ ମହିଳାମାନେ କଳସ ଯାତ୍ରାରେ ବାହାରି ନଗର ପରିକ୍ରମା କରିଥିଲେ ଵ ପରେ ମଣ୍ଡପରେ ରୀତନୀତି ଅନୁଯାୟୀ ପୂଜାର୍ଚ୍ଚନା କରାଯାଇ ମା'ଙ୍କୁ ସ୍ଥାପନ କରାଯାଇଥିଲା। ଅତି ଯାକଜକମର ସହ ଘଟ ବାହାରି ନଗର ପରିକ୍ରମା କରାଯାଉଛି ।

## ରାଳବ ସ୍ଥିତ ଷଣ୍ଡେସ୍ୱର ଠାରେ ଶିବ ବିବାହ ଉତ୍ସବ ପାଳିତ ହୋଇଯାଇଛି



ହିଞ୍ଜିଳିକାଟୁ,କୁକୁଡାଖଣ୍ଡି :ମହୁରି ତାଲୁକା ଅନ୍ତର୍ଗତ ରାଜ ପ୍ରତିଷ୍ଠିତ ରାଳବ ସ୍ଥିତ ମହା ଶମ୍ଭୁ ଷଣ୍ଡେସ୍ୱର ଠାରେ ଶିବ ବିବାହ ଉତ୍ସବ ତଥା ଶୀତଳଷଷ୍ଠୀ ଯାତ୍ରା ବହୁତ ଆଡମ୍ବର ଏବଂ ଧୁମ୍ ଧାମ୍ ରେ ପାଳିତ ହୋଇଯାଇଛି । ଏଥିରେ ଶିବ ପାର୍ବତୀ ଙ୍କ ବିବାହ କରାଯିବ ସହ ସ୍ୱତନ୍ତ୍ର ରିତି ନୀତି ସହକାରେ ପୂଜା ଅର୍ଚ୍ଚନା କରାଯାଇଥିଲା। ଗ୍ରାମବାସୀଙ୍କ ସହଯୋଗ ରେ ଏହି ଯାତ୍ରା ବହୁ ଆଗରୁ ଆଡମ୍ବର ସହକାରେ ଆଜି ପର୍ଯ୍ୟନ୍ତ ପାଳନ ହୋଇଆସୁଛି ବୋଲି ଗ୍ରାମ ବାସୀ ତଥା କମିଟି ବୃନ୍ଦ କହିଥିଲେ । ଏହି ଅବସରରେ ୨୦୦୦ ଲୋକ ଙ୍କ ନିମନ୍ତେ ପ୍ରସାଦ ସେବନ କାର୍ଯ୍ୟକ୍ରମ ସହିତ ବିବାହ ଉତ୍ସବ ବହୁତ ଆନନ୍ଦ ସହକାରେ ପାଳନ କରାଯାଇଛି । ଏହି ବିବାହ ଉତ୍ସବ ରେ ବର ପକ୍ଷରୁ ଶ୍ରୀଯୁକ୍ତ ନରସିଂହ ଚୌଧୁରୀ ଏବଂ କନ୍ୟା ପକ୍ଷରୁ ସନ୍ଦିପ ଖାଡ଼ଙ୍ଗା କାର୍ଯ୍ୟ ସମ୍ପାଦନ କରିଥିଲେ । ଏହି ଉତ୍ସବରେ ବିଜେପି ନେତା ଗଙ୍ଗାଧର ଶତପଥୀ, ପୂର୍ବତନ ସରପଞ୍ଚ ବି. ଗଣେଶ ପାତ୍ର, ପୂର୍ବତନ ସମିତି ସଭ୍ୟ ପି. କାମରାଜୁ, ଗ୍ରାମ ଉପସଭାପତି ରାମେୟା ପାତ୍ର, ପଣ୍ଡିତ ଗଙ୍ଗାଧର ମିଶ୍ର ଙ୍କ ସହିତ ଗ୍ରାମ ର ଯୁବକ ଏବଂ କମିଟି ବୃନ୍ଦ ଙ୍କ ସହଯୋଗରେ ଏହା ବହୁତ ଆଡମ୍ବର ସହକାରେ ପାଳନ ହୋଇଯାଇଛି ।

## ଆନ୍ତଜିଲ୍ଲା ପୁରୁଷ ଓ ମହିଳା ହ୍ୟାଣ୍ଡବଲ ପ୍ରତିଯୋଗିତାରେ ଗଞ୍ଜାମ ମହିଳା ଦଳ ରନର୍ସଅପ ଏବଂ ତୃତୀୟ ସ୍ଥାନରେ ପୁରୁଷ ଦଳ




ବ୍ରହ୍ମପୁର, କୁକୁଡାଖଣ୍ଡି:(ପି.ଏନ): ଗତ ୭ ରୁ ୯ ତାରିଖ ପର୍ଯ୍ୟନ୍ତ କେନ୍ଦୁଝରେ ଠାରେ ଆୟୋଜିତ ୩୭ତମ ପୁରୁଷ ଓ ମହିଳା ହ୍ୟାଣ୍ଡବଲ ପ୍ରତିଯୋଗିତାରେ ଗଞ୍ଜାମର ମହିଳା ଦଳ ସେମି ଫାଇନାଲରେ ଆୟୋଜକ କେନ୍ଦୁଝର ଦଳକୁ ଏକ ପାଖିଆ ୧୬-୫ ଗୋଲ ବ୍ୟବଧାନରେ ପରାସ୍ତ କରି ଫାଇନାଲରେ ପ୍ରବେଶ କରିଥିଲା । ଏବଂ ଫାଇନାଲରେ ଯାଜପୁର ସହ ଏକ ସଂଘର୍ଷ ପୂର୍ଣ୍ଣ ମ୍ୟାଚ୍‌ରେ ୧୦-୧୧ ଗୋଲ କରି ମାତ୍ର ଗୋଟିଏ ଗୋଲରେ ପରାସ୍ତ ହୋଇ ରନର୍ସ ଅପ ହୋଇଥିଲା । ବିଗତ ବର୍ଷ ଗଞ୍ଜାମର ଏହି ମହିଳା ଦଳ ଜଗତସିଂହପୁର ଠାରେ ହେଇଥିବା ଅନ୍ତଃଜିଲ୍ଲା ହ୍ୟାଣ୍ଡବଲ ପ୍ରତିଯୋଗିତାରେ ଦ୍ୱିତୀୟ ସ୍ଥାନ ଗ୍ରହଣ କରିଥିଲେ । ଗଞ୍ଜାମର ବର୍ଷା ରାଣୀ ସେଠିଙ୍କୁ ଏହି ପ୍ରତିଯୋଗିତାରେ ଶ୍ରେଷ୍ଠ ଖେଳାଳି ଭାବେ ମୁଖ୍ୟଅତିଥି ପୁରସ୍କୃତ କରିଥିଲେ । ଏହି ଦଳ ଖଲ୍ଲିକୋଟ କଲେଜ ପଡ଼ିଆରେ ଏନ୍ ଆଇ ଏସ୍ କୋଚ୍ ପ୍ରଶାନ୍ତ କୁମାର ରଥଙ୍କ ଠାରୁ ନିୟମିତ ଭାବେ ତାଲିମ ନେଉଛନ୍ତି। ଏବଂ ପୁରୁଷ ଦଳ ସେମି ଫାଇନାଲରେ ପ୍ରବେଶ କରି କେନ୍ଦୁଝର ଠାରୁ ପରାସ୍ତ ହୋଇ ଟୁର୍ଣ୍ଣାମେଂଟରେ ତୃତୀୟ ସ୍ଥାନରେ ଥିଲେ। ମହିଳା ଦଳର ଏହି ସଫଳତା ପାଇଁ ଜିଲ୍ଲା ହ୍ୟାଣ୍ଡବଲ ସଂଗଠନର ସଭାପତି ଶ୍ରୀ ବିକର୍ମ କୁମାର ପଣ୍ଡା, କାର୍ଯ୍ୟକାରୀ ସଭାପତି ଶ୍ରୀ ଅଶୋକ କୁମାର ଶୁକ୍ଳା, ସମ୍ପାଦକ ସୁରେଶ ଚନ୍ଦ୍ର ପାଢ଼ି, ସାଂଗଠାନିକ ସମ୍ପାଦକ ଶକ୍ତିଧର ରାଜଗୁରୁ, କୋଷାଧକ୍ଷ ଡା ମନୋଜ କୁମାର ପାତ୍ରଙ୍କ ସହ ଏନ୍ ଆଇ ଏସ୍ କୋଚ୍ ପ୍ରଶାନ୍ତ କୁମାର ରଥ ଶୁଭେଚ୍ଛା ଜଣାଇଛନ୍ତି।

## ସପ୍ତମ ଗୀତାଞ୍ଜଳି ପ୍ରତିଭା ସମ୍ମାନ - ୨୦୨୪ ଅନୁଷ୍ଠିତ



ଭୁବନେଶ୍ୱର,(ପି.ଏନ) :ରାଜ୍ୟର ଅଗ୍ରଣୀ ସାମାଜିକ ଓ ସାଂସ୍କୃତିକ ଅନୁଷ୍ଠାନ ' ଗୀତାଞ୍ଜଳି ଇଣ୍ଡିଆ ଫାଉଣ୍ଡେସନ ଟ୍ରଷ୍ଟ ପକ୍ଷରୁ ଭୁବନେଶ୍ୱରସ୍ଥିତ ଗୀତଗୋବିନ୍ଦ ସଦନଠାରେ ସପ୍ତମ ଗୀତାଞ୍ଜଳି ପ୍ରତିଭା ସମ୍ମାନ - ୨୦୨୪ ଅନୁଷ୍ଠିତ ହୋଇଯାଇଛି । ଏଥିସହିତ ଷଷ୍ଠ ଗୀତାଞ୍ଜଳି ଆଦର୍ଶ ଶିକ୍ଷକ ସମ୍ମାନ- ୨୦ ୨୪ ଏବଂ ଷଷ୍ଠ ଗୀତାଞ୍ଜଳି ଆଦର୍ଶ ବିଦ୍ୟାଳୟ ସମ୍ମାନ - ୨୦୨୪ ଅନୁଷ୍ଠିତ ହୋଇଯାଇଛି । ଟ୍ରଷ୍ଟର ଅଧକ୍ଷ ରଞ୍ଜନ କୁମାର ମହାପାତ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଆରଏମ୍ଆରସିର ନିର୍ଦ୍ଦେଶିକା ଡ . ସଂଘମିତ୍ରା ପତି ଯୋଗ ଦେଇ ଆନୁଷ୍ଠାନିକ ଭାବେ ଉଦ୍ ?ଘାଟନ କରିବା ସହିତ ଛାତ୍ରଛାତ୍ରୀମାନେ କିପରି ନିଜ ଉଦ୍ୟମରେ ପାଠ ପଢି ଭଲ ନମ୍ବର ରଖି ନିଜର ଭବିଷ୍ୟତ ଗଢିପାରିବେ , ଗୀତାଞ୍ଜଳି ଇଣ୍ଡିଆ ଫାଉଣ୍ଡେସନ ଟ୍ରଷ୍ଟର ଏହା ଏକ ନିଆରା ପ୍ରୟାସ । ଏଥ ?ପାଇଁ ସେ ଟ୍ରଷ୍ଟକୁ ସାଧୁବାଦ ଜଣାଇଥିଲେ । ମୁଖ୍ୟବକ୍ତା ଭାବେ ପାରାଦ୍ୱୀପ ଫସଫେଟ ଲିମିଟେଡ଼ର ବରିଷ୍ଠ ଅଧିକାରୀ ସୁଧୀରଞ୍ଜନ ମିଶ୍ର , ସମ୍ମାନିତ ଅତିଥିଭାବେ ଶିକ୍ଷାବିତ୍ ବିଧୁଭୂଷଣ ପଟ୍ଟନାୟକ , ସୋଆ ବିଶ୍ୱବିଦ୍ୟାଳୟ ଲୋକ ସମ୍ପର୍କ ଅଧିକାରୀ ଶୁଭଦର୍ଶିନୀ ମିଶ୍ର , ଶିକ୍ଷାବିତ ପ୍ରମୋଦ ପାଢୀ , ସମାଜସେବୀ ଅମୀୟବାଳା ପରିଡ଼ା , ବିଶିଷ୍ଟ ଲେଖିକା ସୁଚେତା ନନ୍ଦ , ଜୟଦେବ ସରପଞ୍ଚ ପୂର୍ଣ୍ଣଚନ୍ଦ୍ର ଭୋଇ , ସମାଜସେବୀ ବିଜୟ ମହାରଣା ପ୍ରମୁଖ ଯୋଗ ଦେଇଥିଲେ । ଏହି କାର୍ଯ୍ୟକ୍ରମରେ ଜୟଦେବ ନିର୍ବାଚନ ମଣ୍ଡଳୀର + ୨ ବିଜ୍ଞାନରେ ଟପର ହୋଇଥିବା ମେଧାବୀ ଛାତ୍ରୀ ସ୍ୱୟଂପ୍ରଜ୍ଞା ସାହୁଙ୍କୁ ମାନପତ୍ର ଓ ଉପଢୌକନ ଦେଇ ସମ୍ବର୍ଦ୍ଧିତ କରିବା ସହିତ କାଞ୍ଚନ ଫାଉଣ୍ଡେସନ ତରଫରୁ ୫ ହଜାର ଟଙ୍କାର ଆର୍ଥିକ ସହାୟତା ପ୍ରଦାନ କରାଯାଇଥିଲା । ଚଳିତବର୍ଷ ମାଟ୍ରିକ ପରୀକ୍ଷାରେ ଏ ୧ ଗ୍ରେଡ଼ରେ ଉତ୍ତୀର୍ଣ୍ଣ ହୋଇଥିବା ବାଲିଅନ୍ତା ଓ ବାଲିପାଟଣା ବ୍ଲକର ୧୫ଜଣ ଛାତ୍ରଛାତ୍ରୀଙ୍କୁ ସପ୍ତମ ଗୀତାଞ୍ଜଳି ପ୍ରତିଭା ସମ୍ମାନ , ୧୦ ଜଣ ଶିକ୍ଷକ ଶିକ୍ଷୟିତ୍ରୀଙ୍କୁ ଷଷ୍ଠ ଗୀତାଞ୍ଜଳି ଆଦର୍ଶ ଶିକ୍ଷକ ସମ୍ମାନ ଏବଂ ୬ଟି ସରକାରୀ ଉଚ୍ଚ ବିଦ୍ୟାଳୟକୁ ଷଷ୍ଠ ଗୀତାଞ୍ଜଳି ଆଦର୍ଶ ବିଦ୍ୟାଳୟ ସମ୍ମାନ ପ୍ରଦାନ କରାଯାଇଥିଲା । ମଞ୍ଚ ପରିଚାଳନା କରିଥିଲେ ଶୁଭୋଜିତ ପଣ୍ଡା । ଏହି କାର୍ଯ୍ୟକ୍ରମକୁ ଟ୍ରଷ୍ଟର ଅନ୍ୟତମ ସଦସ୍ୟ ତାପସ ରଞ୍ଜନ ମଲ୍ଲିକ , ପ୍ରଳୟ କୁମାର ଦାସ , ଆଶୁତୋଷ ଚୌଧୁରୀ , ଦୀନବନ୍ଧୁ ଭୋଇ , ତପନ କୁମାର ସ୍ୱାଇଁ ପ୍ରମୁଖ ପରିଚାଳନାରେ ସହଯୋଗ କରିଥିଲେ ।







Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751<0 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray